୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.26 . No.17 Bhubaneswar Wednesday February 21 2024 | ୨୬ତମ ବର୍ଷ ସଂଖ୍ୟା-୧୭ ଭୁବନେଶ୍ୱର, ବୁଧବାର, ଫେବୃଆରୀ ୨୧, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹ 1.50 | (Air Surcharge - 0.50P) | Member-INS

## ସରକାରଙ୍କ ନାଲିଆଖି ଦେଖି ଆନ୍ଦୋଳନରୁ ଓହରିଗଲା ସଚିବାଳୟ ସେବା ସଂଘ

ଭୁବନେଶ୍ୱର,୨୦।୨(ପି.ଏନ): କେନ୍ଦ୍ର ସଚିବାଳୟ ହାରରେ ଦରମା ଦାବିରେ ୭ ଦିନ ଧରି ଆନ୍ଦୋଳନରେ ବସିଥିବା ସଚିବାଳୟର କର୍ମଚାରୀମାନେ ଆଜି ଅଚାନକ ଆନ୍ଦୋଳନରୁ ଓହରି ଯାଇଛନ୍ତି । ରାଜ୍ୟ ସରକାରଙ୍କ ନାଲିଆଖି ଓ ନବନିଯୁକ୍ତ ଏଏସଓ(ଆସିଷ୍ଟାଣ୍ଟ ସେକ୍ସନ ଅଫିସର)ମାନଙ୍କୁ ଚାକିରିରୁ ବହିଷ୍କାର କରିବା ନିମନ୍ତେ ଗୃହ ବିଭାଗ ନିର୍ଦ୍ଦେଶନାମା ଜାରି କରିବା ପରେ ସଚିବାଳୟ ସେବାସଂଘ ତରବରିଆ ଭାବେ ନିଜ ଆନ୍ଦୋଳନକୁ ସ୍ଥଗିତ ରଖିବାକୁ ଘୋଷଣା କରିଛି । ଗତକାଲି ଏକ ସାମ୍ବାଦିକ ସମ୍ମିଳନୀ କରି ସଂଘ ନିଜର ଦାବି ପୂରଣ ଅବା ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟର ପ୍ରତିଶ୍ରୁତି ନମିଳିବା ପର୍ଯ୍ୟନ୍ତ ଆନ୍ଦୋଳନ ଜାରି ରହିବ ବୋଲି ସେବାସଂଘର କର୍ମକର୍ତ୍ତାମାନେ ଘୋଷଣା କରିଥିଲେ ।ସୂଚନା ଅନୁସାରେ, ସଚିବାଳୟ ସେବା ସଂଘର ସାଧାରଣ ସମ୍ପାଦକ ପ୍ରଯନ୍ ବରାଳ ଆଜି ଏକ ପ୍ରେସ୍ ବିଜ୍ଞପ୍ତି ଜାରି କରି ରାଜ୍ୟର ବୃହତ୍ତର ସ୍ୱାର୍ଥ ଦୃଷ୍ଟିରୁ ମୁଖ୍ୟମନ୍ତ୍ରୀଙ୍କ ଉପରେ ଦୃ? ଆସ୍ଥା ପ୍ରକଟ କରି ସଂଘ କାର୍ଯ୍ୟବନ୍ଦ ଆନ୍ଦୋଳନ ଏବେ ପ୍ରତ୍ୟାହୃତ କରିବା ପାଇଁ ନିଷ୍ପତ୍ତି ନେଇଥିବା କହିଛନ୍ତି । ଏବେ ଆର୍ଥିକ ବର୍ଷର ପରିସମାପ୍ତି ସମୟରେ ଅଧିକ ଦିନ କାର୍ଯ୍ୟବନ୍ଦ ଯୋଗୁ ବହୁ ଗୁରୁତ୍ୱପୂର୍ଣ୍ଣ ସରକାରୀ କାର୍ଯ୍ୟ ବାଧାପ୍ରାପ୍ତ ହେଉଛି । ମୁଖ୍ୟମନ୍ତ୍ରୀ ଖୁବଶୀଘ୍ର ସଂଘ ସହିତ ଆଲୋଚନା କରିବେ ବୋଲି ନିର୍ଭରଯୋଗ୍ୟ ପ୍ରତିଶ୍ରୁତି ମିଳିଥିବା ଶ୍ରୀ ବରାଳ ଦର୍ଶାଇଛନ୍ତି ।




## ଜମି ପଟ୍ଟା ପାଇବେ ୨୬ ଜିଲ୍ଲାର ୨ ଲକ୍ଷ ୫୦ ହଜାର ଚାଷୀ; ପ୍ରଥମ ଦିନରେ ପାଇଲେ ୧୦ ହଜାର ହିତାଧିକାରୀ

ଭୁବନେଶ୍ୱର,୨୦।୨(ପି.ଏନ): ଦୀର୍ଘ ବର୍ଷର ଜମିଜମା ସମସ୍ୟାର ହେଲା ସମାଧାନ । ସିକିମ ସ୍ୱତ୍ୱ ରୟତ ଚାଷୀଙ୍କୁ ମିଳିଲା ଜମି ପଟ୍ଟା । ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଆଜି ଏକ ସ୍ୱତନ୍ତ୍ର ସମାରୋହରେ ପ୍ରଥମ ଦିନରେ ୨୬ ଟି ଜିଲ୍ଲାର ୧୦ ହଜାର ସିକିମ ରୟତ ଚାଷୀମାନଙ୍କୁ ଜମି ପଟ୍ଟା ବଣ୍ଟନ କରିଛନ୍ତି । ଏହି ଐତିହାସିକ ପଦକ୍ଷେପ ଫଳରେ ଓଡ଼ିଶାର ପ୍ରାୟ ୨ ଲକ୍ଷ ୫୦ ହଜାର ସିକିମ ରୟତ ଓ ତାଙ୍କ ଉତ୍ତରାଧିକାରୀ ଉପକୃତ ହେବେ ।ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି, 'ଜନସାଧାରଣଙ୍କ ସମସ୍ୟାର ସମାଧାନ ଉପରେ ତାଙ୍କ ସରକାର ସର୍ବାଧିକ ପ୍ରାଥମିକତା ଦେଇଆସିଛି । ସିକିମ ରୟତମାନଙ୍କର ସମସ୍ୟା ବହୁ ଦିନର ସମସ୍ୟା ଥିଲା । ଜମି ଉପରେ ସେମାନଙ୍କ ଅଧିକାର ନ ଥିବାରୁ ସେମାନଙ୍କର ଆର୍ଥିକ ଓ ସାମାଜିକ ଜୀବନ ପ୍ରଭାବିତ ହେଉଥିଲା । ସରକାରଙ୍କ ବିଭିନ୍ନ କୃଷି ବିକାଶ କାର୍ଯ୍ୟକ୍ରମରେ ମଧ୍ୟ ସେମାନେ ଲାଭ ପାଇପାରୁନଥିଲେ ।

## ଓଡିଶା ଆସିବେ ରାଜନାଥ ସିଂହ, ବିଜେପି କୋର୍ କମିଟି ବୈଠକରେ ଯୋଗ ଦେବେ



ଭୁବନେଶ୍ୱର,୨୦।୨(ପି.ଏନ): ଆସନ୍ତା ଫେବୃଆରୀ ୨୨ରେ ଓଡିଶା ଆସିବେ କେନ୍ଦ୍ର ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂହ । ନବରଂଗପୁର, ଗଞ୍ଜାମ ଓ ମୟୁରଭଞ୍ଜ ଗସ୍ତରେ ଆସିବେ ରାଜନାଥ ସିଂହ । ନବରଙ୍ଗପୁରରେ ବିଜେପି କମିଟି ବୈଠକ ଏବଂ ଗଂଜାମରେ କର୍ମୀ ସମ୍ମିଳନୀରେ ଯୋଗ ଦେବାର କାର୍ଯ୍ୟକ୍ରମ ରହିଛି । ସେହିପରି ମୟୁରଭଞ୍ଜରେ ବିଜେପି କୋର୍ କମିଟି ବୈଠକରେ ଯୋଗ ଦେବେ ପ୍ରତିରକ୍ଷା ମନ୍ତ୍ରୀ । ତେବେ କେନ୍ଦ୍ର ମନ୍ତ୍ରୀଙ୍କ ଗସ୍ତକୁ ଦୃଷ୍ଟିରେ ରଖି ସୁରକ୍ଷା ବ୍ୟବସ୍ଥା କଡାକଡି କରାଯାଇଛି । ଏହା ସହ କାର୍ଯ୍ୟକ୍ରମର ସୁସଞ୍ଚାଳନ ପାଇଁ ବିଜେପି ପକ୍ଷରୁ ବ୍ୟାପକ ପ୍ରସ୍ତୁତି କରାଯାଇଛି ।

## ଇତିହାସରେ ପ୍ରଥମ: କୋର୍ଟରେ ଗଣା ହେଲା ବାଲଟ ପେପର, ଫଳ ଘୋଷଣା କଲେ ଜଜ୍ ?

ଭୁବନେଶ୍ୱର,୨୦।୨(ପି.ଏନ): ଆଜି ସୁପ୍ରିମକୋର୍ଟରେ ଐତିହାସିକ ଘଟଣା ଘଟିଛି । ଚଣ୍ଡିଗଡ ମେୟର ନିର୍ବାଚନକୁ ନେଇ ଜାରି ରହିଥିବା ବିବାଦ ଆଜି କୋର୍ଟ ରୁମରେ ସମାଧାନ ହୋଇଛି । କୋର୍ଟରେ ପ୍ରଥମ ଥର ବାଲଟ ପେପର ଗଣତି ହୋଇଛି । ଗଣତି ପରେ ସର୍ବୋଚ୍ଚ ଅଦାଲତର ବିଚାରପତି ଆପ୍ ?ର ମେୟର ପ୍ରାର୍ଥୀ କୁଲଦୀପ କୁମାରଙ୍କୁ ବିଜେତା ଘୋଷଣା କରିଛନ୍ତି । ପ୍ରଧାନ ବିଚାରପତି ଜଷ୍ଟିସ ଡିୱାଇ ଚନ୍ଦ୍ରଚୁଡଙ୍କ ନେତୃତ୍ୱାଧୀନ ଖଣ୍ଡପୀଠ ଆଜି ପ୍ରଥମେ ବାଲଟ ପେପରଗୁଡିକୁ ଯାଞ୍ଚ କରିଥିଲେ । ଏହାପରେ ଏହାକୁ ବିକୃତ କରି ଜାଣିଶୁଣି ନାକଚ କରି ଦେଇଥିବା ରିଟର୍ଣ୍ଣିଂ ଅଫିସର ଅନୀଲ ମସିହଙ୍କୁ ତୀବ୍ର ସମାଲୋଚନା କରିଥିଲେ । ଏଥିସହ ମେୟର ନିର୍ବାଚନର ଫଳାଫଳ ନିଜେ ଘୋଷଣା କରିବାକୁ ନିଷ୍ପତ୍ତି ମଧ୍ୟ ନେଇଥିଲେ ।



## ଆପର ବଡ ବିଜୟ: ଦଳୀୟ ପ୍ରାର୍ଥୀଙ୍କୁ ମେୟର ଘୋଷଣା କଲେ ସୁପ୍ରିମକୋର୍ଟ

ନୂଆଦିଲ୍ଲୀ,୨୦।୨(ପି.ଏନ): ଚଣ୍ଡିଗଡ ମେୟର ନିର୍ବାଚନକୁ ନେଇ ଲାଗିଥିବା ବିବାଦରେ ସୁପ୍ରିମକୋର୍ଟ ପୂର୍ଣ୍ଣଚ୍ଛେଦ ଟାଣିଛନ୍ତି । ଆପ ପକ୍ଷରୁ ମେୟର ନିର୍ବାଚନ ଲଢୁଥିବା କୁଲଦୀପ କୁମାରଙ୍କୁ ସର୍ବୋଚ୍ଚ ଅଦାଲତ ବିଜେତା ଘୋଷଣା କରିଛନ୍ତି । ଏହାର ଅର୍ଥ କୁଲଦୀପ ଚଣ୍ଡିଗଡ ମେୟର ଭାବେ ଶପଥ ନେବେ । କୁଲଦୀପଙ୍କୁ ମେୟର ଘୋଷଣା କରି ପୂର୍ବରୁ ଜାରି ହୋଇଥିବା ନିର୍ବାଚନ ଫଳାଫଳକୁ ବାତିଲ କରି ଦେଇଛନ୍ତି । ଜାନୁଆରୀ ଶେଷ ଭାଗରେ ହୋଇଥିବା ଚଣ୍ଡିଗଡ ମେୟର ନିର୍ବାଚନରେ କୁଲଦୀପଙ୍କ ବିରୋଧରେ ବିଜେପି ମନୋଜ ସୋନକରଙ୍କୁ ପ୍ରାର୍ଥୀ କରିଥିଲା । ରିଟର୍ଣ୍ଣ ଅଫିସର ଅନୀଲ ମସିହ ଜାଣିଶୁଣି ଆପ୍‌ର ୮ କାଉନସିଲରଙ୍କ ଭୋଟ ନାକଚ କରି ବିଜେପି ପ୍ରାର୍ଥୀଙ୍କୁ ମେୟର ଘୋଷଣା କରିଥିଲେ । ହେଲେ ସର୍ବୋଚ୍ଚ ଅଦାଲତ ଏହାର ଶୁଣାଣି କରି ଅନୀଲଙ୍କ ଉପରେ ପ୍ରବଳ ବର୍ଷିଛନ୍ତି । ଏଥିସହ ସେ ନାକଚ କରିଥିବା ୮ ଭୋଟକୁ ବୈଧକ ଘୋଷଣା କରିଛନ୍ତି ।



## ପୁରୀରୁ କୋଣାର୍କ ଗଡିବ ଭିଷ୍ଟାଡୋମ୍ ଟ୍ରେନ୍ ?



ଭୁବନେଶ୍ୱର,୨୦।୨(ପି.ଏନ): ଶ୍ରୀକ୍ଷେତ୍ରରୁ ଅର୍କକ୍ଷେତ୍ରକୁ ଗଡିବ ଟ୍ରେନ୍ । ସେଥିପାଇଁ ନୂଆ ରେଳ ଲାଇନ୍ ନିର୍ମାଣ କରିବ । ସେହି ଟ୍ରାକ୍‌ରେ ଭିଷ୍ଟାଡୋମ୍ ଟ୍ରେନ୍ ଚାଲିବାର ବ୍ୟବସ୍ଥା କରାଯିବ । ଯାହାଫଳରେ ପର୍ଯ୍ୟଟକମାନେ ଟ୍ରେନ୍ ଭିତରୁ ବାହାର ସବୁ ଦୃଶ୍ୟ ଦେଖିପାରିବେ । ମନ୍ତବ୍ୟ । ଗଣମାଧ୍ୟମକୁ ରେଳମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ କହିଛନ୍ତି, ପୁରୀରୁ କୋଣାର୍କ ନୂଆ ରେଲୱେ ଲାଇନ୍ ନିର୍ମାଣ ହେବ । ଏହି ରେଳ ଲାଇନ୍‌କୁ କେନ୍ଦ୍ର ସରକାର ଅନୁମୋଦନ ଦେଇଛନ୍ତି । ଏଥିପାଇଁ ୪୯୨ କୋଟି ଟଙ୍କା ମଞ୍ଜୁର ହୋଇଛି । ୩୨ କିଲୋମିଟର ନୂଆ ରେଳ ଲାଇନ୍ ନିର୍ମାଣ ହେବ । ଏହି ଟ୍ରାକ୍‌ରେ ଭିଷ୍ଟାଡୋମ୍ ଟ୍ରେନ୍ ଚଲିବ । ଭିଷ୍ଟାଡୋମ୍ ଟ୍ରେନ୍ ବଗିର ଦୁଇ ପାର୍ଶ୍ୱ ଓ ଉପର ଛାତ କାଚରେ ତିଆରି । ସେହି ଟ୍ରେନ୍‌ରେ ପର୍ଯ୍ୟଟକମାନେ ଯାତ୍ରା କଲେ ପ୍ରାକୃତିକ ସୌନ୍ଦର୍ଯ୍ୟକୁ ପୂରାପୂରି ଉପଭୋଗ କରିପାରିବେ । ତାହା ସହିତ ଟ୍ରେନ୍ ଭିତରେ ଜଗନ୍ନାଥଙ୍କ ସଂସ୍କୃତି ସମ୍ପର୍କରେ ଲୋକମାନଙ୍କୁ ତଥ୍ୟ ଦିଆଯିବ । ଏହି ପ୍ରକଳ୍ପ ପାଇଁ ୨୧୫ ହେକ୍ଟର ଜମିର ଆବଶ୍ୟକତା ପଡିବ । ରାଜ୍ୟ ସରକାର ସହଯୋଗ କଲେ ଜମି ଅଧିଗ୍ରହଣ ଆରମ୍ଭ କରାଯିବ । ତା'ପରେ କାମ ଆରମ୍ଭ କରାଯିବ । ଏଥିପାଇଁ ଟଙ୍କା ଅଛି, ଡିଜାଇନ୍ ପାଖାପାଖି ସରି ଆସିଲାଣି ବୋଲି ରେଳ ମନ୍ତ୍ରୀ କହିଛନ୍ତି ।

## ଆସନ୍ତାକାଲି ୩ ଘଣ୍ଟା ପାଇଁ ବନ୍ଦ ରହିବ ଜଗା ଦର୍ଶନ

ପୁରୀ,୨୦।୨(ପି.ଏନ): ଆସନ୍ତାକାଲି ତଥା (୨୧ ଫେବୃଆରୀ ୨୦୨୪) ବୁଧବାର ପବିତ୍ର ମାଘ ଶୁକ୍ଳ ଦ୍ୱାଦଶୀ ତିଥି । ଏହି ଅବସରରେ ଶ୍ରୀବିଗ୍ରହମାନଙ୍କ ବନକଲାଗି ନୀତି ଅନୁଷ୍ଠିତ ହେବ । ଏଥିପାଇଁ ଦ୍ୱିତୀୟ ଭୋଗମଣ୍ଡପ ଭୋଗ ଶେଷ ହେବା ପରେ ଆପାତତଃ ସନ୍ଧ୍ୟା ଘ. ୬ଟାରୁ ରାତ୍ରି ୯ଟା ପର୍ଯ୍ୟନ୍ତ ଶ୍ରୀମନ୍ଦିରରେ ସର୍ବସାଧାରଣ ଦର୍ଶନ ବନ୍ଦ ରହିବ । ଏନେଇ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି ।ଏଠାରେ କହି ରଖୁ ଯେ, ପ୍ରତିମାସରେ ହାରାହାରି ଦୁଇଥର ଶ୍ରୀଜୀଉଙ୍କର ମୁଖଶ୍ରୀର ପ୍ରସାଧନ ବା ବନକ ଲାଗି ନୀତି ଅନୁଷ୍ଠିତ ହୋଇଥାଏ । ଏହି ବନକ ଲାଗି କାର୍ଯ୍ୟକ୍ରମ ପାଇଁ ରୀତିନୀତି 'ଦତ୍ତ ମହାପାତ୍ର' ଗୋଷ୍ଠୀର ସେବକମାନେ କରିଥାନ୍ତି । ନିୟମ ଅନୁଯାୟୀ ବୁଧବାର ଦିନ ବନକ ଲାଗି ଅନୁଷ୍ଠିତ ହୋଇଥାଏ । ଦି'ପ୍ରହର ଧୂପ ଦାନ ସରିବାପରେ ମନ୍ଦିରର ସମସ୍ତ ଦରଜା ବନ୍ଦ ହୋଇଥାଏ । ଏହାପରେ ଏହି ଗୁପ୍ତ ନୀତି କରାଯାଇଥାଏ । ଦତ୍ତମହାପାତ୍ର ରତ୍ନ ସିଂହାସନ ଉପରକୁ ଯାଇ ଶ୍ରୀଜୀଉଙ୍କର ମୁଖସିଂହାର କରନ୍ତି । ଏହି ନୀତି ସମାପନ ହେବା ପର୍ଯ୍ୟନ୍ତ ଶ୍ରୀମନ୍ଦିରର ସମସ୍ତ ଦ୍ୱାର ସମ୍ପୂର୍ଣ୍ଣ ବନ୍ଦ ରହିଥାଏ । ଫଳରେ ଶ୍ରଦ୍ଧାଳୁମାନେ ମହାପ୍ରଭୁଙ୍କ ସାଧାରଣ ଦର୍ଶନ କରିବାରୁ ବଞ୍ଚିତ ରହିଥାନ୍ତି । ଏହି କ୍ରମରେ ବନକଲାଗି ନୀତି ପାଇଁ ଆସନ୍ତାକାଲି ଶ୍ରୀମନ୍ଦିରରେ ୩ ଘଣ୍ଟା ଦର୍ଶନ ବନ୍ଦ ରହିବ ।

## କିଟ୍‌ରେ ବ୍ଲୁ ଇକୋନୋମି ଉପରେ ଜାତୀୟ ସମ୍ମିଳନୀ

ଭୁବନେଶ୍ୱର,୨୦।୨(ପି.ଏନ): 'ନାଭିଗେଟିଂ ଦ ମେରାଇନ୍ ଇକୋସିଷ୍ଟମ୍ ଭାଲ୍ୟୁ ଚେନ୍' ବିଷୟବସ୍ତୁକୁ ନେଇ କିଟ୍ ବିଶ୍ୱବିଦ୍ୟାଳୟରେ ପ୍ରଥମ ଜାତୀୟ ସମ୍ମିଳନୀ 'ବ୍ଲୁ ଇକୋନୋମି' ସୋମବାର ଉଦ୍‌ଘାଟିତ ହୋଇଯାଇଛି । କିଟ୍ ବିଶ୍ୱବିଦ୍ୟାଳୟ ବାୟୋଟେକ୍ନୋଲୋଜି ବିଭାଗ, ଦିଲ୍ଲୀସ୍ଥିତ ଭାରତୀୟ ଫାଇକୋଲୋଜି ସୋସାଇଟି, ଭୁବନେଶ୍ୱରସ୍ଥିତ ଜୀବ ବିଜ୍ଞାନ ସଂସ୍ଥାନ, ସିଏସଆଇଆର-ଇନଷ୍ଟିଚ୍ୟୁଟ୍ ଅଫ୍ ମିନେରାଲସ୍ ଆଣ୍ଡ ମାଟିରିଆଲ୍ ଟେକ୍ନୋଲୋଜି, ଗୋଆସ୍ଥିତ ଜାତୀୟ ସାମୁଦ୍ରିକ ବିଜ୍ଞାନ ପ୍ରତିଷ୍ଠାନ ଏବଂ ଭୁବନେଶ୍ୱର ସିଟି ନଲେଜ୍ ଇନୋଭେସନ୍ କ୍ଲଷ୍ଟର ଫାଉଣ୍ଡେସନ୍(ବିସିକେଆଇସି)ର ମିଳିତ ସହଯୋଗରେ ଏହି ସମ୍ମିଳନୀ ଅନୁଷ୍ଠିତ ହେଉଛି । ଭାରତର ବ୍ଲୁ ଇକୋନୋମି କ୍ଷେତ୍ରରେ ରହିଥିବା ପ୍ରଭୂତ କ୍ଷମତା ଅନ୍ୱେଷଣ ହେଉଛି ଏହି ସମ୍ମିଳନୀର ଉଦ୍ଦେଶ୍ୟ । ଏହି ସମ୍ମିଳନୀରେ ରାଜ୍ୟ ବିଜ୍ଞାନ ଓ କାରିଗରୀ କୌଶଳ ବିଭାଗ ମନ୍ତ୍ରୀ ଅଶୋକ କୁମାର ପଣ୍ଡା ଯୋଗଦେଇ ନିକଟରେ ଘୋଷଣା ହୋଇଥିବା ବାୟୋଟେକ୍ନୋଲୋଜି ନୀତି ଏବଂ ଏହି ନୀତିରେ ଜଳୀୟ ପରିଚାଳନା ଉପରେ ଗୁରୁତ୍ୱ ପ୍ରଦାନ ଉପରେ ଆଲୋକପାତ କରିଥିଲେ । ଓଡ଼ିଶାର ୪୮୦ କିଲୋମିଟର ଉପକୂଳ ଅଞ୍ଚଳ ଏବଂ ଏକ ପ୍ରମୁଖ ଅଂଶୀଦାର ଭାବେ ବ୍ଲୁ ଇକୋନୋମିରେ ଏହାର ଭୂମିକା ଉପରେ ମନ୍ତ୍ରୀ ଶ୍ରୀ ପଣ୍ଡା ଗୁରୁତ୍ୱାରୋପ କରିଥିଲେ । ସେ କହିଲେ ୩.୫୦ ଲକ୍ଷ କୋଟି ଟଙ୍କାର ବଜେଟ୍ ସହ ଶୀତଳ ଓ ହେନ୍ତାଳ ବନ ସମେତ ଓଡ଼ିଶାର ପ୍ରଭୂତ ସାମୁଦ୍ରିକ ସମ୍ବଳ ରହିଛି ଏବଂ ବ୍ଲୁ ଇକୋନୋମି ଏଥିରୁ ଫାଇଦା ଉଠାଇବା ଆବଶ୍ୟକ । ଭାରତ ସରକାରଙ୍କ ସାଇନ୍‌ଟିଫିକ୍ ସଚିବ ଡ. ପରମିନ୍ଦର ମାଇନୀ ବର୍ତ୍ତମାନ ସମୟରେ ଏହି ସମ୍ମିଳନୀର ଗୁରୁତ୍ୱ ଉପରେ ଆଲୋକପାତ କରି କହିଲେ, ବିଶ୍ୱ ଜନସଂଖ୍ୟାର ୪୦ ପ୍ରତିଶତ ଲୋକ ମହାସାଗର ତଟବର୍ତ୍ତୀ ଅଞ୍ଚଳରେ ବସବାସ କରୁଛନ୍ତି ଯାହାକି ମହାସାଗର ପାଇଁ ଗୁରୁତ୍ୱପୂର୍ଣ୍ଣ । ସାମୁଦ୍ରିକ ପରିବହନ ମାଧ୍ୟମରେ ହେଉଥିବା ୮୦ ପ୍ରତିଶତ ବିଶ୍ୱ ବାଣିଜ୍ୟରେ ଏମାନଙ୍କର ଯୋଗଦାନ ରହିଛି । ବିଶ୍ୱ ଅର୍ଥନୀତିରେ ବ୍ଲୁ ଅର୍ଥନୀତିର ବାର୍ଷିକ ହାରାହାରି ୬ ଟ୍ରିଲିୟନ ଡଲାରର ଯୋଗଦାନ ରହିଛି ବୋଲି ସେ କହିଥିଲେ । ଏ କ୍ଷେତ୍ରରେ ଭାରତ ମଧ୍ୟ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥାଏ । ସାମୁଦ୍ରିକ ସମ୍ବଳର ସୁରକ୍ଷା ପାଇଁ ଏକନିଷ୍ଠ ଉଦ୍ୟମ ଏବଂ ସ୍ଥାୟୀ ବ୍ଲୁ ଅର୍ଥନୀତି ଲକ୍ଷ୍ୟ ହାସଲ ନିମନ୍ତେ ଶକ୍ତିଶାଳୀ ଉପାୟ ବାହାର କରିବା ସକାଶେ ସେ ଆହ୍ୱାନ କରିଥିଲେ । ଭାରତର ବ୍ଲୁ ଇକୋନୋମୀ ପ୍ରୟାସ ଆରମ୍ଭର ପ୍ରକୃଷ୍ଟ ସ୍ଥାନ ଓଡ଼ିଶା ବୋଲି କିଟ୍‌ର ଗବେଷଣା ଓ ସର୍ଜନା ମହାନିର୍ଦ୍ଦେଶକ ପ୍ରଫେସର ମୃତ୍ୟୁଞ୍ଜୟ ସୁଆର କହିଥିଲେ । ଭାରତୀୟ ଫାଇକୋଲୋଜି ସୋସାଇଟିର ସଭାପତି ତଥା ଦିଲ୍ଲୀ ବିଶ୍ୱବିଦ୍ୟାଳୟର ବରିଷ୍ଠ ପ୍ରଫେସର ଦୀନବନ୍ଧୁ ସାହୁ କହିଲେ ବର୍ତ୍ତମାନ ସମୟରେ ବିଶ୍ୱ ବ୍ଲୁ ଇକୋନୋମିର ମୂଲ୍ୟ ହେଉଛି ୨୪ ଟ୍ରିଲିୟନ୍ ଡ଼ଲାର । ମାନବସମାଜ ପାଇଁ ମହାସାଗର କ୍ଷମତାର ଭବିଷ୍ୟତ ଉପରେ ସେ ଗୁରୁତ୍ୱାରୋପ କରିଥିଲେ । ଭାରତ ସରକାରଙ୍କ ଡିବିଟି-ବିରାକର ପରିଚାଳନା ନିର୍ଦ୍ଦେଶକ ଡ. ଜିତେନ୍ଦ୍ର କୁମାର ବ୍ଲୁ ଇକୋନୋମୀକୁ ସହଯୋଗ କରିବା ସହ ଏ କ୍ଷେତ୍ରରେ ସର୍ଜନା ନିମନ୍ତେ ପ୍ରସ୍ତାବ ଦେଇଥିଲେ । ଏ କ୍ଷେତ୍ରରେ ଗବେଷଣା ଓ ବିକାଶ ନିମନ୍ତେ ଓଡ଼ିଶାରେ ଏକ ବାୟୋଫାଉଣ୍ଡାରୀ ପ୍ରତିଷ୍ଠା କରିବାକୁ ସେ ମଧ୍ୟ ପ୍ରସ୍ତାବ ରଖିଥିଲେ । ଏହି ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ଭାରତୀୟ ଜୀବ ବିଜ୍ଞାନ ପ୍ରତିଷ୍ଠାନର ବାୟୋଟେକ୍ନୋଲୋଜି ବିଭାଗ ନିର୍ଦ୍ଦେଶକ ଦେବାଶିଷ ଦାଶ, ସିଏସ୍‌ଆଇଆର-ଆଇଏମ୍‌ଏମ୍‌ଟିର ନିର୍ଦ୍ଦେଶକ ଡ. ରାମାନୁଜ ନାରାୟଣନ୍, ଭାରତ ସରକାରଙ୍କ ଭୂ ବିଜ୍ଞାନ ମନ୍ତ୍ରାଳୟର ମହାସାଗର ମିଶନ୍‌ର ପରାମର୍ଶଦାତା ତଥା କାର୍ଯ୍ୟକ୍ରମ ମୁଖ୍ୟ ଡ.ଏମ୍.ଭି. ରମନ୍ନା ମୂର୍ତ୍ତି ପ୍ରମୁଖ ଯୋଗଦେଇଥିଲେ ।



## ରାଜ୍ୟର ୯୬ ଲକ୍ଷ ପରିବାରଙ୍କୁ ଜୀବିକା ସହାୟତା ରାଶି ପ୍ରଦାନ କଲେ ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର,୨୦।୨(ପି.ଏନ): ବରଗଡବାସୀଙ୍କୁ ଖୁସି କରିଛନ୍ତି ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ । ୬୦୦ କୋଟିରୁ ଉର୍ଦ୍ଧ୍ୱ ଟଙ୍କାର ଭେଟି ଦେଇଛନ୍ତି ମୁଖ୍ୟମନ୍ତ୍ରୀ । ଗଙ୍ଗାଧର ମେହେର ଉଠା ଜଳ ସେଚନ ପ୍ରକଳ୍ପ, ଅତ୍ୟାଧୁନିକ କ୍ୟାନସର ହସ୍ପିଟାଲ ଏବଂ ବିଭିନ୍ନ ପ୍ରକଳ୍ପର ଲୋକାର୍ପଣ କରି ମୁଁ ବହୁତ ଖୁସି ଅଛି ବୋଲି କହିଛନ୍ତି ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ । ରାଜ୍ୟର ୯୬ ଲକ୍ଷ ପରିବାରଙ୍କୁ ଜୀବିକା ସହାୟତା ରାଶି ପ୍ରଦାନ କଲେ ମୁଖ୍ୟମନ୍ତ୍ରୀ । ପ୍ରତି ପରିବାରକୁ ୧ ହଜାର ଟଙ୍କା ଲେଖାଏଁ ସହାୟତା ରାଶି ଦିଆଯିବ ।ନିର୍ବାଚନ ପୂର୍ବରୁ ମୁଖ୍ୟମନ୍ତ୍ରୀ ରାଜ୍ୟବାସୀଙ୍କ ପାଇଁ ବିଭିନ୍ନ ପ୍ରକଳ୍ପ ଏବଂ ଯୋଜନାର ଶୁଭାରମ୍ଭ କରିଛନ୍ତି । ବିଶେଷ କରି ମହିଳା, ବୟସ୍କ ଏବଂ ଯୁବବର୍ଗଙ୍କ ପାଇଁ ହାତ ଖୋଲି ଦେଇଛନ୍ତି ରାଜ୍ୟ ସରକାର । ବରଗଡ ଗସ୍ତରେ ଯାଇ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ବିଭିନ୍ନ ପ୍ରକଳ୍ପର ଉଦଘାଟନ ସହ ଶିଳାନ୍ୟାସ କରିଛନ୍ତି । ବହୁ ପ୍ରତୀକ୍ଷିତ ଗଙ୍ଗାଧର ମେହେର ଉଠା ଜଳସେଚନ ପ୍ରକଳ୍ପ ଓ କ୍ୟାନ୍ସର ହସ୍ପିଟାଲର ଉଦଘାଟନ କରିଛନ୍ତି ନବୀନ । ଏହି ପରିପ୍ରେକ୍ଷୀରେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ କହିଛନ୍ତି, ରାଜ୍ୟରେ ଏବେ ରୂପାନ୍ତରଣ ପର୍ବ ଚାଲିଛି । ବିଏସକେୱାଇ ୪ କୋଟି ଲୋକଙ୍କ ପାଇଁ ଆଶୀର୍ବାଦ ପାଲଟିଛି । ଏବେ ଓଡିଶା ପୂରା ଦେଶକୁ ଖାଦ୍ୟ ଯୋଗାଉଛି । ଏଥିରେ ବରଗଡ ଚାଷୀ ଭାଇଙ୍କ ଅବଦାନ ଯଥେଷ୍ଟ ଅଧିକ ରହିଛି । ବରଗଡରେ ନିର୍ମିତ ୧୦୬ କୋଟି ୬ଲକ୍ଷ ଟଙ୍କା ବ୍ୟୟରେ ନିର୍ମିତ ଶହେ ଶଯ୍ୟା ବିଶିଷ୍ଟ ଅତ୍ୟାଧୁନିକ କ୍ୟାନ୍ସର ହସ୍ପିଟାଲ ପଶ୍ଚିମ ଓଡିଶାବାସୀଙ୍କୁ ସେବା ଯୋଗାଇ ଦେବ । ସୋହେଲା, ବିଜେପୁର, ବିଜେପୁର, ଡୁଙ୍ଗୁରିପାଲି ବ୍ଲକର ଚାଷୀ ଭାଇଙ୍କ ପାଇଁ ମଧ୍ୟ ଅନେକ ଖୁସି ନେଇ ଆସିଛି । ଗଙ୍ଗାଧର ମେହେର ଜଳସେଚନ ପ୍ରକଳ୍ପ ଦ୍ୱାରା ୬୦ ହଜାର ଏକରରୁ ଅଧିକ ଜମି ଜଳସେଚିତ ହେବ । ଛାତ୍ରଛାତ୍ରୀଙ୍କ ପାଇଁ ନୂଆ-ଓ ଛାତ୍ରବୃତ୍ତି ନୂଆ ଆଶା ଆଣିଛି ।

## ସ୍କୁଲ ବସ ଓଲଟି ଜଣେ ମହିଳା ମୃତ, ୮ ଆହତ

ଜୟପୁର,୨୦।୨(ପି.ଏନ): ଏକ ଘରୋଇ ସ୍କୁଲ ବସ୍ ଓଲଟି ଜଣେ ମହିଳାଙ୍କର ମୃତ୍ୟୁ ଘଟିଥିବା ଖବର ସାମ୍ନାକୁ ଆସିଛି । ଏଥିରେ ଆଠଜଣ ଆହତ ହୋଇଛନ୍ତି । ଏହି ଦୁର୍ଘଟଣାଟି ବୈପାରୀଗୁଡା ଥାନା ମନ୍ତ୍ରୀଆମ୍ବ ନିକଟରେ ଘଟିଛି । ବସରେ କୌଣସି ଛାତ୍ରଛାତ୍ର ନଥିଲେ । ଦୁର୍ଘଟଣାଗ୍ରସ୍ତ ବସରେ କେବଳ ସ୍କୁଲ ଷ୍ଟାଫ ଥିବା ଜଣାପଡିଛି ।

## ଉ□ରରେ ଆମ ଓଡିଶା ନବୀନ ଓଡିଶା କାର୍ଯ୍ୟକ୍ରମ

ଭୁବନେଶ୍ୱର,୨୦।୨(ପି.ଏନ): ଭୁବନେଶ୍ୱର ଉ□ର ନିର୍ବାଚନ ମଣ୍ଡଳୀର ବିଭିନ୍ନ ୱାର୍ଡରେ ଆମ ଓଡିଶା ନବୀନ ଓଡିଶା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଗାଡକଣ ଯାତ୍ରା ପଡିଆ ଠାରେ ୧୨, ୯ ଓ ୧୭ ନମ୍ବର ୱାର୍ଡର ମିଳିତ ଆନୁକୂଲ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଉ□ର ବିଧାୟକ ସୁଶାନ୍ତ କୁମାର ରାଉତ, ମେୟର ସୁଲୋଚନା ଦାସ, ରାଜ୍ୟ ନିର୍ମାଣ ଶ୍ରମିକ କଲ୍ୟାଣ ବୋର୍ଡ ଅଧ୍ୟକ୍ଷା ଶ୍ରୀମୟୀ ମିଶ୍ର, ରାଜ୍ୟ ମତ୍ସ୍ୟ ଉନ୍ନୟନ ନିଗମ ଅଧ୍ୟକ୍ଷ ସୁବାସ ଚନ୍ଦ୍ର ପାତ୍ର, କର୍ପୋରେଟର ଜୟ'ୀ ସାହୁ, ସୁଷମା ସାହୁ, ପୂଜା ମହାରଣା, ଜୋନାଲ ଡେପୁଟି କମିଶନର ଶଶୀଭୂଷଣ ମହାପାତ୍ର, ଡେପୁଟି କମିଶନର ପ୍ରିୟଦର୍ଶନୀ ଜେନା ପ୍ରମୁଖ ଯୋଗଦେଇ ମାନ୍ୟବର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ସ୍ୱଚ୍ଛ ଶାସନ ଓ ଲୋକାଭିମୁଖୀ ଯୋଜନା ସମ୍ବନ୍ଧରେ ଲୋକମାନଙ୍କୁ ସଚେତନ କରିଥିଲେ ।








# ଟି ଟାଇମ୍

## ପ୍ରଦୂଷଣ ବିହୀନ କାର୍

ଗାଡ଼ିମଟରର ବ୍ୟବହାର ପ୍ରଦୂଷଣ ବଢ଼ାଇଥାଏ । କିନ୍ତୁ ଏହି ଫଟୋ ଦେଖି ଆପଣ ଅନୁମାନ ଲଗାଇପାରୁଥିବେ କାର୍ ନିର୍ମାତାମାନେ ପ୍ରଦୂଷଣ ରୋକିବା ପାଇଁ ଅନେକ ପରିଶ୍ରମ କରୁଛନ୍ତି । ଏହା ସ୍ମାର୍ଟ ଫୋରଟୁ କାର୍। ଏଥିରେ ପାଂଚ ବର୍ଗ ମିଟର କ୍ଷେତ୍ରରେ ଘାସ ଜମା ହୋଇଛି । ଯାହା ପ୍ରକୃତରେ ସତସତିକା ଘାସ ନୁହେଁ ଏହା ସିଡ଼ମ ଘାସ। କାର ନିର୍ମାତାମାନେ ସେହି ସିଡ଼ମ ଘାସର ବ୍ୟବହାର କରିଛନ୍ତି । ସ୍ମାର୍ଟ ଫୋରଟୁ କାର୍ ମୁବଲ ଲ୍ୟାବର ଗ୍ରୀନ୍ ସ୍କ୍ରିନ୍ ପ୍ରୋଜେକ୍ଟ ଅନ୍ତର୍ଗତ । ମୁବଲଙ୍କ କହିବା ଅନୁସାରେ ରାସ୍ତାରେ ଯେତେବେଳେ ଏହି ଧରଣର କାର୍ ଚଳିବ, ପ୍ରଦୂଷଣ କମ୍ ହେବ ଓ ପର୍ଯ୍ୟାବରଣର ପରିସ୍ଥିତି ସୁଧୁରିବ। ଏହି କାର୍‌କୁ ପ୍ରଥମେ ଜର୍ମାନଠାରେ ସ୍ଟଟଗାର୍ଟରେ ଆସନ୍ତା ବର୍ଷର ପ୍ରଥମ ମାସରେ ସଡ଼କ ଉପରକୁ ଅଣାଯିବ । କମ୍ପାନୀର କହିବାନୁସାରେ ଏହି କାର୍ ପ୍ରତିବର୍ଷ ୭କିଲୋଗ୍ରାମ କାର୍ବନ ଡାଇଅକ୍ସାଇଡ଼ ଗ୍ୟାସ୍ କମ୍ କରିଥାଏ । ଯାହା ଗୋଟିଏ ଗଛ ସେହି ସମୟରେ ୨.୬କାର୍ବନକୁ ସଫା କରିଥାଏ । ଏମିତି ଦେଖିବାକୁ ଗଲେ ଅଟୋ ସେକ୍ଟରର ଇଞ୍ଜିନିୟର ମାନେ ଏବେ ଗ୍ରୀନ୍ ସଲ୍ୟୁସନ୍‌କୁ ନେଇ ଅଧିକ ଜାଗ୍ରତ ଅଛନ୍ତି । ଆମେରିକୀୟ କମ୍ପାନୀ ଫୋର୍ଡ଼ ଗିକି ସହିତ ମିଶି ଏହି ଦିଗରେ କାମ କରୁଛି ।

## ମୋଗଲ ଯୁଗର ଘଂଟେୱାଲା ଦୋକାନ




ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଂଟେୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଂଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

## ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ’ଣ ସେହି ଗଛ ନିଜେ ହିଁ ସେ ଅଂଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଳି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧରେ ରଖିଦିଅନ୍ତି । ତା’ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଚଦର ବ୍ୟବହାର କରନ୍ତି । ଗଛ ମଧରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଚାଲିଗଲା ।



# ପୁରାଣ କାହାଣୀ

## ନାରୀଙ୍କ ସାତଟି ବିଶେଷ ଗୁଣ

ଭଗବାନ ତାଙ୍କ ସୃଷ୍ଟିର ସମସ୍ତ ଜୀବଙ୍କ ଭିତରେ, ଆତ୍ମା ରୂପରେ ସମାନ ଭାବରେ ପୂରି ରହି ସମସ୍ତଙ୍କୁ ସଂଚାଳିତ କରୁଥିଲେ ମଧ ଭିନ୍ନ ଭିନ୍ନ ଲୋକଙ୍କର ପୃଥକ୍ ପୃଥକ୍ କର୍ମ ସମ୍ପାଦନ ନିମିତ ଶକ୍ତିର ବିଭିନ୍ନତା ଦୃଷ୍ଟିରୁ ସେମାନଙ୍କ ଭିତରେ ଭଗବାନ୍‌ଙ୍କ ବିଭୂତିର ତାରତମ୍ୟ ଦେଖାଦେଇଥାଏ । ସେହି ଦୃଷ୍ଟିରୁ ପିଲାମାନଙ୍କୁ ଜନ୍ମ ଦେଇ ସେମାନଙ୍କର ଲାଳନପାଳନ କରିବା ସହିତ ଅନ୍ୟମାନଙ୍କ ପ୍ରତି ଅନୁକମ୍ପା ପ୍ରଦର୍ଶନ କରି ପରିବାର ଏବଂ ସମାଜରେ ମାଧୁର୍ଯ୍ୟର ଭାବ ସୃଷ୍ଟି କରିବା ଭଳି କର୍ତବ୍ୟ ସମ୍ପାଦନ ପାଇଁ ଭଗବାନ୍ ତାଙ୍କ ବିଭୂତି ରୂପରେ ନାରୀମାନଙ୍କଠାରେ ସାତୋଟି ବିଶେଷ ଗୁଣ ରୂପରେ ପ୍ରକାଶ ହୋଇଛନ୍ତି । ସେହିଗୁଣଗୁଡ଼ିକ ହେଉଛି କୀର୍ତି, ଶ୍ରୀ, ବାକ୍, ସ୍ମୃତି, ମେଧା, ଧୃତି ଏବଂ କ୍ଷମା । ଭଗବାନ କୀର୍ତି ରୂପରେ ନାରୀମାନଙ୍କଠାରେ ପ୍ରକାଶିତ ହୋଇ ନାରୀଙ୍କର ପବିତ୍ରତା, ନିଷ୍କଳଙ୍କ ଚରିତ୍ର ଏବଂ ସଦାଚରଣର ଭାବକୁ ନେଇ ତାଙ୍କର ସୁଖ୍ୟାତି ପ୍ରକାଶ କରିଛନ୍ତି । ସେହି ଦୃଷ୍ଟିରୁ



ନାରୀମାନେ ତାଙ୍କ ଉପରେ ନିର୍ଭରଶୀଳ ତାଙ୍କ ପରିବାରର ସମସ୍ତ କାମସବୁ ଠିକ୍ ସମୟରେ କରିଦେବା ଦରକାର । ଏହାଦ୍ୱାରା ପରିବାରବର୍ଗ ଆନନ୍ଦପ୍ରାପ୍ତ ହେବେ ଓ ପରିବାରରେ ଶାନ୍ତିର ବାତାବରଣ ସୃଷ୍ଟି ହେବ ।

ଭଗବାନ୍ ନାରୀମାନଙ୍କ ଶରୀରରେ ମେଧା ରୂପରେ ନିବାସ କରିଥାଆନ୍ତି । ଏହା ହେଉଛି ଧୀଶକ୍ତି ବା ଧାରଣ କରିବାର ଶକ୍ତି । ଏହି ଶକ୍ତିସମ୍ପନ୍ନ ବ୍ୟକ୍ତିକୁ ଯାହା ଥରେ ଶିଖାଇ ଦିଆଯାଏ ସେ ତାହା ସହଜରେ ମନେ ରଖିଥାଆନ୍ତି, ଏପରିକି କେତେକ ବିଷୟ ଜୀବନର ଶେଷ ପର୍ଯ୍ୟନ୍ତ ତାଙ୍କ ମନରେ ରହିଯାଇଥାଏ । ନାରୀମାନଙ୍କ ମେଧା ଦୃଷ୍ଟିରୁ ସେମାନେ ସମସ୍ତ କାମକୁ ଶୀଘ୍ର ବୁଝିଥାନ୍ତି ଓ ବିରକ୍ତି ପ୍ରକାଶ ନକରି ସେ ସବୁର ସମ୍ପନ୍ନ କରିବା ନାରୀପକ୍ଷେ ସହଜସାଧ୍ୟ ହୋଇଥାଏ । ଏହି ଦୃଷ୍ଟିରୁ ଯାହାର ଧୀଶକ୍ତି ଯେତେ ପ୍ରଖର ତା’ର ସେତିକି ଅଧିକ ଆଦର । ଭଗବାନଙ୍କ ବିଭୂତି ଆତ୍ମବଳ ରୂପରେ ନାରୀଙ୍କଠାରେ ପ୍ରକଟିତ ହୋଇ ତାଙ୍କୁ ପ୍ରଦାନ କରୁଥିବା ଧୈର୍ଯ୍ୟ ବା ଧାରଣ କରିବାର ଶକ୍ତି ହେଉଛି ଧୃତି । ଯାହାର ଜୀବନରେ ଧୃତି କମିଯାଏ ସେ ବିଶେଷ ଶକ୍ତିଶାଳୀ ହୋଇ ପାରିନଥାନ୍ତି ଏବଂ ଜୀବନରେ ସଫଳ ହୋଇପାରି ନଥାନ୍ତି । ଦଣ୍ଡ ଦେବାର ଶକ୍ତିଥିଲେ ମଧ୍ୟ ଅପରାଧକୁ ଭୁଲି, ଅପରାଧୀକୁ କିଛି ଦଣ୍ଡ ନ ଦେବା ହେଉଛି କ୍ଷମା। ବିଭୂତି ରୂପରେ ନାରୀମାନଙ୍କ ପାଖରେ ଭଗବାନ ରହି ସେମାନଙ୍କ ସ୍ୱଭାବସୁଲଭ କର୍ତବ୍ୟ ପାଳନ ପାଇଁ ଏହି ସଦ୍‌ଗୁଣର ବିଶେଷ ପ୍ରଭାବ ଅଛି। ଭଗବାନ ତାଙ୍କ ବିଭୂତି ରୂପରେ ପ୍ରକାଶ କରିଥିବା ସାତୋଟି ଗୁଣକୁ ଧାରଣ କରିଥିବା ଜଣେ ଆଦର୍ଶ ନାରୀ ସତୀସାଧ୍ୱୀ ରୂପରେ ଏତେ ଉପରକୁ ଉଠି ଯାଇପାରିବେ ଯେପରି ଲୋକେ ମନେ କରିବେ ଯେ ଜଣେ ଦେବୀ ସ୍ୱର୍ଗରୁ ପୃଥିବୀକୁ ଓହ୍ଲାଇ ଆସିଛନ୍ତି । ସେତେବେଳେ ସେ ପୃଥିବୀ ପରି କ୍ଷମାଶୀଳ, ସମୁଦ୍ର ପରି ଗମ୍ଭୀର, ଗଙ୍ଗା ମାତାଙ୍କ ପରି ପାବନୀ ଏବଂ ଦୃଷ୍ଟଙ୍କ ପାଇଁ ପ୍ରଜ୍ୱଳିତ ଅଗ୍ନିସ୍ୱରୂପ ହୋଇଯାଇପାରେ । ସେ ସମସ୍ତଙ୍କୁ ଶୀତଳତାର ସ୍ପର୍ଶ ଦେଇପାରିବ ଓ ଆକାଶ ପରି ସମସ୍ତଙ୍କୁ ଧାରଣ କରିପାରିବ ।

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ଏକାଧିକ ବିବାହ କରନ୍ତି ଖାସି ସମ୍ପ୍ରଦାୟର ମହିଳା

ବିଶ୍ୱର ବିଭିନ୍ନ ଦେଶରେ ଭଳିକିଭଳି ଆଦିବାସୀ ଅଛନ୍ତି । ସେମାନଙ୍କ ସଂସ୍କୃତି ଓ ପରମ୍ପରା କୌଣସି ରହସ୍ୟଠାରୁ କିଛି କମ୍ ନୁହେଁ । ମେଘାଳୟରେ ରହୁଥିବା ଖାସି ସମ୍ପ୍ରଦାୟର ମହିଳାଙ୍କ ହାତରେ ପରିବାରର ଦାୟିତ୍ୱ ନ୍ୟସ୍ତ ହୋଇଥାଏ । ଏହି ସମ୍ପ୍ରଦାୟର ପୁରୁଷମାନେ ବିବାହ ପରେ ଶ୍ୱଶୁର ଘରେ ଯାଇ ରୁହନ୍ତି । ଏଠାରେ ପୁରୁଷମାନଙ୍କୁ ଘରର ସବୁକାମ କରିବାକୁ ହୋଇଥାଏ। ବାହାରର



ସବୁ କାମ ମହିଳା କରନ୍ତି । ମେଘାଳୟରେ ଥିବା ବଜାରଗୁଡ଼ିକର ଦୋକାନରେ ମହିଳା କାମ କରନ୍ତି। ଖାସି ସମ୍ପ୍ରଦାୟରେ ଘରର ସାନ ଝିଅକୁ ସବୁଠୁ ଅଧିକ ସମ୍ପତି ମିଳିଥାଏ । ଏହି କାରଣରୁ ଘରର ସାନଝିଅ ମାତା-ପିତା, ଅବିବାହିତା ପୁଅ-ଝିଅଙ୍କର ଦେଖାଶୁଣା କରିଥାଏ। ଏହି ସମ୍ପ୍ରଦାୟର ଛୋଟ ଝିଅମାନେ ପିଲାଦିନେ ପଶୁହାଡ଼ରେ ଖେଳନ୍ତି । ଏଗୁଡ଼ିକ ସେମାନେ ଆଭୂଷଣଭାବେ ବ୍ୟବହାର କରନ୍ତି । ଖାସି ସମ୍ପ୍ରଦାୟର ପରିବାରଗୁଡ଼ିକ ମହିଳା କୈନ୍ଦ୍ରିକ ପରିବାର। ଅନେକ ଦିନ ପୂର୍ବରୁ ଏହି ସମ୍ପ୍ରଦାୟର ପୁରୁଷମାନେ ଯୁଦ୍ଧକୁ ପଳାଇ ଯାଇଥିଲେ ଓ ମହିଳାଙ୍କୁ ଛାଡ଼ି ଦେଇ ଯାଇଥିଲେ । ଏଥିଯୋଗୁଁ ପୁଅଝିଅମାନଙ୍କୁ ଘରର ମହିଳାମାନେ ସେମାନଙ୍କ ଉପନାମ ଦେଉଥିଲେ । ସେହିଭଳି ଖାସି ମହିଳାଙ୍କର ଅନେକ ଜୀବନସାଥୀ ଥାଏ । ତେଣୁ ପିଲାମାନଙ୍କୁ ମହିଳାମାନେ ସେମାନଙ୍କର ଉପନାମ ଦେଉଥିଲେ । ଏହି ସମ୍ପ୍ରଦାୟରେ କନ୍ୟା ସନ୍ତାନ ଜନ୍ମନେଲେ ମହିଳାମାନେ ଖୁସି ମନାନ୍ତି ।

## ଖାଦ୍ୟରେ ଟଏଲେଟ୍ ବ୍ରସ୍

ବ୍ରିଟେନ୍‌ରେ ରହୁଥିବା ଦୁଇବର୍ଷର ଲିଲି ନାମକ ଏକ ଛୋଟ ଝିଅ । ଯିଏ ଏକ ଭିନ୍ନ ଅଭ୍ୟାସରେ ପଡିଯାଇଛି । ତାକୁ ସାମାନ୍ୟ ଦ୍ରବ୍ୟ ଖାଇବାର ରୁଚି ବହୁତ କମ୍ ଥାଏ। ଡାକ୍ତରଙ୍କ ମତ ଅନୁସାରେ ଲିଲି ପିକା ନାମକ ଏକ ରୋଗରେ ପୀଡିତ । ଏହି ରୋଗ କାରଣରୁ ଲିଲିକୁ ଟଏଲେଟ୍ ସଫା କରାଯାଉଥିବା ବ୍ରସ୍ ଏବଂ କପଡା ଖାଇବାର ଅଭ୍ୟାସ ରହିଛି । ଡାକ୍ତର ମଧ ଲିଲିର ଏପରି ବ୍ୟବହାରରେ ଆଶ୍ଚର୍ଯ୍ୟ ହୋଇଯାଇଛନ୍ତି । କେତେବେଳେ ଲିଲି କାହାର ନଜର ଆଢୁଆଳରୁ ଖସିଯିବାରେ ସଫଳ ହୋଇଛି । ଏହାପରେ ସେ ସିଧା ବାଥ୍‌ରୁମ୍ ଭିତରେ ପସିଯାଏ ଏବଂ ସେଠାରେ ରଖାଯାଇଥିବା କପଡା ଏବଂ ଟଏଲେଟ୍ ବ୍ରସ୍‌କୁ ଖାଇବା ଆରମ୍ଭ କରିଦେଇଥାଏ ।

## ଓଲଟା ଚାଲିବାର ଅଭ୍ୟାସ



ଦୁନିଆରେ ଭିନ୍ନ ଭିନ୍ନ କାହାଣୀ ବହନ କରୁଥିବା ଲୋକ ବାସବାସ କରନ୍ତି। ଏବେ ଦେଖନ୍ତୁ ତାମିଲ୍‌ନାଡ୍ଡୁର ତ୍ରିପୁରାରେ ରହୁଥିବା ମଣିମଣିଥନ୍ ଯିଏ ଓଲଟା ଚାଲିଥାନ୍ତି। ୧୯୮୯ରେ ଦେଶଯାକରେ ସୃଷ୍ଟି ହୋଇଥିବା ଆତଙ୍କ ଘଟଣାରେ ଆହତ ହୋଇଥିଲେ ତ୍ରିପୁରାର ମଣିମଣିଥନ୍। ବିଶ୍ୱଶାନ୍ତି ପ୍ରତିଷ୍ଠା ପାଇଁ ଓଲଟା ଚାଲିବା ତାଙ୍କର ଏକ ଅଭିନବ ପ୍ରୟାସ ବୋଲି ମଣି କହନ୍ତି। ଦୀର୍ଘ ୨୬ବର୍ଷ କାଳ ଏଭଳି ଅଜବ୍ ଢ଼ଙ୍ଗରେ ଚାଲିବା ଅଭ୍ୟାସ ଜାରି ରଖିଛନ୍ତି। ତେବେ ଚାଲିବା ସମୟରେ ତାଙ୍କୁ ସଡକ ପାର କରିବାକୁ ପଡୁ କି ସିଡ଼ି ଚଢ଼ିବାକୁ ହେଉ ସେ ସଦାସର୍ବଦା ଓଲଟା ହିଁ ଚାଲିଥାନ୍ତି। ଫଳରେ ସିଧା ଚାଲିବା ସେ ସମ୍ପୂର୍ଣ୍ଣ ରୂପେ ଭୁଲି ଗଲେଣି ଏବଂ ଓଲଟା ଚାଲିବା ନିତିଦିନିଆ ଅଭ୍ୟାସରେ ପରିଣତ ହୋଇଗଲାଣି।

## ଆଜିର ଭାଗ୍ୟ

**ମେଷ** — ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତୃ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** — ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** — ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।

**କର୍କଟ** — ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** — ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୱ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** — ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** — ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** — ଚତୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** — ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** — କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** — ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** — ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।




# ତୁ' ମୋତେ ନ ଖା', ମୁଁ ତୋତେ ନଖାଏ

**ଆ**ମେ ଯେତେ ନିଶା ଖାଉ, ତା ମଧ୍ୟରେ ଧୂମପାନ ଅନ୍ୟତମ। ଧୂମପାନ ତମାଖୁ ସେବନର ଅନ୍ତର୍ଗତ। ସିଗାରେଟ୍, ବିଡ଼ି ଏବଂ ପିକା ଇତ୍ୟାଦି ସମାଜର ଅଶେଷ କ୍ଷତି କରୁଥିଲେ ହେଁ; ଏହାକୁ ନିଷେଧ କରିବାରେ ସେମିତି କିଛି ଆଖିଦୃଶିଆ କଡ଼ା ଆଇନ୍ ନାହିଁ। ତମାଖୁ ସେବନ ଏବଂ ଧୂମପାନ କାରଣରୁ ଅଧୁନା ପୃଥିବୀରେ ପ୍ରତି ଦଶ ସେକେଣ୍ଡରେ ଜଣେ ମରୁଛନ୍ତି। ଆଶା କରାଯାଏ ଯେ, ଏହାର ବହୁଳ ବ୍ୟବହାର ଉପରେ ଲଗାମ ନଲଗାଇଲେ ଅଥବା ଏହାକୁ ସଂପୂର୍ଣ୍ଣ ବାରଣ ନକଲେ, ପ୍ରତି ସେକେଣ୍ଡରେ ଜଣେ ଲେଖାଏଁ ମରିବା ସୁନିଶ୍ଚିତ। ଆମ ଭାରତରେ ତମାଖୁ ସେବନଜନିତ ସଂଖ୍ୟା ଏବେ ୧୨କୋଟିରୁ ଊର୍ଦ୍ଧ୍ୱ ଏବଂ ଏଥିରେ ପ୍ରତିବର୍ଷ ମରନ୍ତି ପ୍ରାୟ ନଅକୋଟି। ଏକ ସ୍ୱାସ୍ଥ୍ୟ ସୂଚନାରୁ ଜଣାପଡ଼ିଛି ଯେ, ଭାରତର ୬୦ଲକ୍ଷ ହୃଦ୍‌ରୋଗୀଙ୍କ ମଧ୍ୟରୁ ୩୦ଲକ୍ଷ ହୃଦ୍‌ରୋଗୀ ହେଉଛନ୍ତି ତମାଖୁ ବା ଧୂମପାନ ସେବନଜନିତ ରୋଗୀ। ଭାରତରେ ଥିବା କର୍କଟ ରୋଗୀଙ୍କ ମଧ୍ୟରେ ୯୦% ତମାଖୁ ସେବନଜନିତ କର୍କଟ ରୋଗୀ, ମୁଖଗହ୍ୱର କର୍କଟ ରୋଗର ମୁଖ୍ୟ କାରଣ। ଯଦି ସତର୍କତା ଅବଲମ୍ବନ କରାନଯାଏ ତେବେ ନିକଟ ଭବିଷ୍ୟତରେ ଏହା ଆଶାତୀତ ଭାବେ ବୃଦ୍ଧି ପାଇବ। ତମାଖୁରେ ୭୦୦୦ ପ୍ରକାର ରାସାୟନିକ ପଦାର୍ଥ ଅଛି ଯାହା ମଧ୍ୟରୁ ଅଧିକାଂଶ ଉପାଦଳନା ପ୍ରବେଶ କରି ବିଭିନ୍ନ ରୋଗର କାରଣ ହୋଇଥାଏ। ଏହା ଶରୀରକୁ ପ୍ରତ୍ୟକ୍ଷ ବା ପରୋକ୍ଷଭାବେ ପ୍ରଭାବିତ କରିବା ସହ କର୍କଟ, ହୃତ୍‌ପିଣ୍ଡ ସଂକ୍ରାନ୍ତୀୟରୋଗ, ଫୁସ୍‌ଫୁସ୍ ଜନିତ ରୋଗ ଏବଂ ହୃଦ୍‌ଘାତରେ କାରଣ ହୋଇଥାଏ । ଶୁଣି ଆଶ୍ଚର୍ଯ୍ୟ ହେବେ ଯେ, ବିଶ୍ୱର ସର୍ବାଧିକ ମୁଖ କର୍କଟ ରୋଗୀ ଭାରତରେ ହିଁ ଅଛନ୍ତି । ଏହାର ମୁଖ୍ୟ କାରଣ ସେହି ଧୂମପାନ ଏବଂ ତମାଖୁ ସେବନ। ଏବେ କଅଁଳ ବୟସର ପିଲାମାନେ ବିଶେଷକରି ୧୩-୧୫ ବର୍ଷର ପିଲାଏ ସର୍ବାଧିକ ଧୂମପାନ କରୁଛନ୍ତି। ଏହା ଏମିତି ଏକ ନିଶା, ଯାହା ଥରେ ମାତ୍ର ଅଭ୍ୟାସରତ ହୋଇଗଲେ, ସାରା ଜୀବନ ଛାଡ଼ି ହୁଏନାହିଁ ଏବଂ ତାହା ତୁମକୁ ଗୋଡ଼ାଇ ଗୋଡ଼ାଇ ଖାଏ।

ଗବେଷଣାରୁ ଜଣାପଡ଼ିଛି ଯେ, ପ୍ରତିଟି ସିଗାରେଟ୍ ସେବନ ଦ୍ୱାରା ମଣିଷର ଆୟୁ ୫ମିନିଟ୍ କମିଥାଏ । ଖଣ୍ଡିଏ ହୁକା ଟାଣିଲେ ୧୧ମିନିଟ୍ ଆୟୁ କମେ ଯାହାକି ୨୦ଟି ବିଡ଼ି ଟଣା ସହିତ ସମାନ। ଏହା ଅର୍ଥ ନୁହେଁ ବିଡ଼ିରେ କମ୍ ନିକୋଟିନ୍ ଅଛି ବୋଲି ତାକୁ ଖାଇବା। ଆମେ ମନେରଖିବା ଉଚିତ୍ ଯେ ପ୍ରାଣଘାତୀ ଆକ୍ରମଣ ପାଇଁ ଟୋପାଏ ବିଷପାନ ଯେପରି, ସେମିତି ବିଡ଼ି ଓ ସିଗାରେଟ୍ ଖାଉଥିବା ଲୋକଙ୍କ କଥା। ବିଡ଼ି ବା ସିଗାରେଟ୍ ଅଭ୍ୟାସ କରୁଥିବା ଲୋକଙ୍କର ଆୟୁଷର ୬ରୁ ୧୦ ବର୍ଷ ପୂର୍ବରୁ ମୃତ୍ୟୁବରଣ ହୋଇଥାଏ।

ଏବେ ତ ଉଭୟ ପୁରୁଷ ଏବଂ ମହିଳାମାନେ ତମାଖୁ ସହିତ ଧୂମପାନ କରୁଛନ୍ତି। ଆମ ଭାରତରେ ଏହିପରି ପୁରୁଷ ସେବନକାରୀ ସଂଖ୍ୟା ୫୬.୪% ଏବଂ ନାରୀମାନଙ୍କ ସଂଖ୍ୟା ୪୪.୬%। ଆମ ଦେଶରେ ଏକ ତୃତୀୟାଂଶ ଜନସଂଖ୍ୟା ଏଥିରେ ଅଭ୍ୟସ୍ତ।

ବିଶ୍ୱ ତମାଖୁ ସର୍ବେକ୍ଷଣ ୨୦୧୦ ଅନୁସାରେ ଯୁବକମାନଙ୍କର ୫୨% ଘରେ, କର୍ମକ୍ଷେତ୍ରରେ ୩୦% ଏବଂ ଜନତା ପରିବହନରେ ୧୭.୫% ତମାଖୁ ସେବନ ପ୍ରତି ଉନ୍ମୁକ୍ତ ଅଟନ୍ତି। ଉଲ୍ଲେଖଯୋଗ୍ୟ ଯେ ଯେଉଁମାନେ ଏହାକୁ ସେବନ କରନ୍ତି, ସେମାନେ ତ ଏହାର ଶିକାର ହୁଅନ୍ତି, ତାଙ୍କ ସହିତ ବା ତାଙ୍କ ସଂସ୍ପର୍ଶରେ ଆସୁଥିବା ବ୍ୟକ୍ତି, ଗର୍ଭବତୀ ମହିଳା ଓ ଶିଶୁ ଯେଉଁମାନେ ଅଣଧୂମପାନକାରୀ, ସେମାନେ ଘରେ ବା' କର୍ମକ୍ଷେତ୍ରରେ ଯେଉଁଠି ଥାଆନ୍ତି, ୨୫.୩୦% ହୃଦରୋଗ ଏବଂ ୨୦-୩୦% ଫୁସ୍‌ଫୁସ୍‌ଜନିତ ରୋଗରେ ଆକ୍ରାନ୍ତ ହୁଅନ୍ତି। ଅନ୍ତଃରାଷ୍ଟ୍ରୀୟ ଗବେଷଣାରୁ (ଏସ୍.ଏଚ୍.ଏସ୍) ଏହା ମଣିଷ ପାଇଁ ପଦାଙ୍କିତ କାରଣ ହୋଇଛି। ଏସ୍.ଏଚ୍.ଏସ୍‌ରେ ୭୦୦୦ ବିଷାକ୍ତ ରାସାୟନିକ ମଧ୍ୟରୁ ୬୯ ଗୋଟି କର୍କଟ ରୋଗର କାରଣ। ନିକଟରେ ଏକ ସର୍ବେକ୍ଷଣରୁ ଜଣାଯାଇଛି ଯେ, ତମାଖୁ ସେବନ କାରଣରୁ ଆମେରିକାରେ ପ୍ରତିବର୍ଷ ପ୍ରାୟ ପାଞ୍ଚଲକ୍ଷ ଲୋକ କ୍ୟାନ୍‌ସରର ଶିକାର ହୋଇଥାଆନ୍ତି । ଆମେରିକାର ରୋଗ ନିୟନ୍ତ୍ରଣ ଓ ମୁକାବିଲା କେନ୍ଦ୍ର (ସିଡ଼ିସି)ର ତଥ୍ୟାନୁଯାୟୀ କ୍ୟାନ୍‌ସର ଅର୍ଦ୍ଧାଧିକ ମାମଲା ଫୁସ୍‌ଫୁସ୍ ଓ ଶ୍ୱାସନଳୀ ସମ୍ବନ୍ଧିତ। ଏତଦ୍‌ଭିନ୍ନ ମୁହଁ, ପେଟ ଓ କିଡ୍‌ନୀ କ୍ୟାନସର ହେବାର ସମ୍ଭାବନା ମଧ୍ୟ ତମାଖୁ ସେବନରୁ ବୋଲି ସତର୍କ କରାଯାଇଛି। ଦେଶର ଆର୍ଥିକ କ୍ଷେତ୍ରରେ ଏହାର ପ୍ରଭାବ ମଧ୍ୟ ବେଶ୍ କ୍ଷତିକାରକ; ପାଖାପାଖି ୧୬୭ ଶହ କୋଟି ଡଲାର।

ଏସ୍.ଏଚ୍.ଏସ୍ ପ୍ରତି ଉନ୍ମୁକ୍ତ ପିଲାମାନେ ହଠାତ୍ ପ୍ରାଥମିକ ଲକ୍ଷଣ ସହ (ଏସ୍.ଆଇ.ଡ଼ି.ଏସ୍) ତୀବ୍ର ଶ୍ୱାସ, କଣ୍ଠ ସମସ୍ୟା, ଶ୍ୱାସନଳୀ ପ୍ରଦାହ ଏବଂ ଅତିଶୟ ଆଜମା ନିମନ୍ତେ ବର୍ଦ୍ଧିତ ବିପଦରେ ଥାଆନ୍ତି। ଏସ୍.ଏଚ୍.ଏସ୍ ପ୍ରତି ଯୁବକମାନଙ୍କର ଉନ୍ମୁକ୍ତ, ହୃତପିଣ୍ଡ ଓ ଧମନୀ ରୋଗ, କୋରୋନରୀ ହୃଦୟ ରୋଗ ଏବଂ ବାୟୁ କୋଷ ଫୁସ୍ ଫୁସ୍ କର୍କଟର କାରଣ ହୋଇଥାଏ।

୨ ଅକ୍ଟୋବର ୨୦୦୮ରେ ଭାରତ ସରକାର ସର୍ବସାଧାରଣ ସ୍ଥାନରେ "ଧୂମପାନ ନିଷେଧ" ଉପରେ ସଂଶୋଧିତ ଆଇନ୍ ଲାଗୁ କରିଛନ୍ତି। ଏହା ଏକ ଦଣ୍ଡନୀୟ ଅପରାଧ ବୋଲି ଘୋଷଣା କରିଛନ୍ତି। ସର୍ବସାଧାରଣ ସ୍ଥାନରେ ଧୂମପାନ କରୁଥିବା ବ୍ୟକ୍ତିଙ୍କୁ ୨୦୦ଟଙ୍କା ଜୋରିମନା ଦେବାର ନିୟମ ଥିଲା। ଏହାକୁ ଧରାଇଦେବାରେ ସ୍ୱାସ୍ଥ୍ୟ ଓ ଗୃହ ବିଭାଗ ତରଫରୁ କର୍ମଚାରୀମାନଙ୍କୁ ନେଇ ସ୍ୱେଚ୍ଛାସେବୀ ସଂଗଠନ ମାଧ୍ୟମରେ ବ୍ୟବସ୍ଥା ଅଛି। ସରକାରୀ କର୍ମଚାରୀ ତାଙ୍କ କାର୍ଯ୍ୟାଳୟରେ ଧୂମପାନ କଲେ ୫୦୦ଟଙ୍କା ଏବଂ ଦୁଇଜଣ ମିଶି ଧୂମପାନ କଲେ ୧୦ ହଜାର ଟଙ୍କାର ଜୋରିମାନା କଥା ବି ଅଛି।

ଏସବୁ ସତ୍ତ୍ୱେ ଧୂମପାନକାରୀଙ୍କ ସଂଖ୍ୟା ବଢ଼ି ରହିଛି। ଆଇନ୍ ତା' ପୋଥି ଭିତରେ ନୀରବ। କର୍ମୀଙ୍କ କଥା ଛାଡ଼। ମଦ କୁହେ; ତୁମେମାନେ ମୋତେ ଖାଉନ, ମୁଁ ତୁମକୁ ଖାଉଛି। ଏବେ ଧୂମପାନ କଥା ସେୟା, ଆମେ କ'ଣ କହିବା ଯେ ଧୂମପାନ ଆମକୁ ଖାଉ !

ଧୂମପାନ ନିଷେଧ ପାଇଁ ଆମ ଜାତୀୟ ସରକାର ନାନାବିଧ ପଦକ୍ଷେପ ନେଇଛନ୍ତି। ସିଗାରେଟ୍ ଟାଣିବା ଓ ତମାଖୁ ଚୋବାଇବାରେ କଡ଼ା କଟକଣା ଜାରିକରିବାରେ ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ତରଫରୁ ଏକ କମିଟି ଗଠନ କରାଯାଇଥିଲା। ଗତ ସେପ୍ଟେମ୍ବର ୨୦୧୪ରେ କମିଟି ତାଙ୍କ ସୁପାରିଶ ଦେଇଛନ୍ତି। ଏହା ଏକ ସ୍ପର୍ଶକାତର ବିଷୟ ହେତୁ ଆଗାମୀ ଶୀତକାଳୀନ ଅଧିବେଶନରେ ସଂସଦରେ ପାରିତ ହୋଇ ନିୟମରେ ପରିଣତ ହେବାର ଅଛି। ଏହା ଯଦି ହୁଏ, ତେବେ ପୂର୍ବ ଆଇନ୍‌ର ସଂଶୋଧିତ ରୂପରେ ସର୍ବସାଧାରଣ ସ୍ଥାନରେ ଧୂମପାନ କଲେ ପୂର୍ବ ପ୍ରଚଳିତ ୨୦୦ ଟଙ୍କା ପରିବର୍ତ୍ତେ ଏହା ୨୦ ହଜାର ଟଙ୍କା ଜୋରିମନା ହେବ। ସିଗାରେଟ୍‌ର ବ୍ୟବହାର ରୋକିବା ଏବଂ ହ୍ରାସ ପାଇଁ ଏଣିକି ପ୍ୟାକେଟ୍‌ରୁ ଖୋଲି କେହି ଖୁଚୁରା ବିକିପାରିବେ ନାହିଁ। କାରଣ ଖୋଲା ସିଗାରେଟ୍ ପାନ ବିଡ଼ି ସିଗାରେଟ୍ ଦୋକାନରେ ଅଧିକ ବିକ୍ରି ହୋଇଥାଏ। ତେବେ ପ୍ୟାକେଟ୍ ବିକ୍ରି ଉପରେ ବି ପ୍ରଶ୍ନବାଚୀ ଅଛି। ପ୍ୟାକେଟ୍‌ଟିଏ ପାଖରେ ଥିଲେ ଅଧିକ ପିଇବାକୁ ଇଚ୍ଛା ହୁଏ। ପୁନଶ୍ଚ କଂପାନୀମାନଙ୍କୁ ସତର୍କ କରାଇ କୁହାଯାଇଛି ଯେ ସେମାନେ ପ୍ୟାକେଟ୍ ଉପରେ ୮୦% ସ୍ଥାନରେ ବୈଧାନିକ ସତର୍କତାସ୍ୱରୂପ ଫଟୋ ସହିତ ଚେତାବନୀକୁ ଦୃଶ୍ୟମାନ ବଡ଼ ଆକାରରେ ସ୍ଥାନିତ କରିବେ। ପୂର୍ବରୁ ଏହାକୁ ଖିଲାପ କଲେ ୫୦୦୦ ଟଙ୍କା ଜୋରିମନା ଦେବାକୁ ଥିଲା। ଏବେ ଏହାକୁ ୫୦ ହଜାର ଟଙ୍କାକୁ ବୃଦ୍ଧି କରାଯାଇଛି। ଖାଲି ସେତିକି ନୁହେଁ, ତମାଖୁ ସେବନ ନିମନ୍ତେ ସର୍ବନିମ୍ନ ବୟସ୍ ୧୮ରୁ ୨୫କୁ ବୃଦ୍ଧି କରାଯାଇଛି। ଏହା କେତେଦୂର କାର୍ଯ୍ୟକାରୀ ହେବ, ତାହା କେବଳ ଦେଖିବାକୁ ବାକି ରହିଲା।

ପ୍ରତିବର୍ଷ ୧୧ ଅକ୍ଟୋବରକୁ ଧୂମପାନ ନିଷେଧ ଦିବସ ରୂପେ ପାଳନ କରିବାକୁ ଘୋଷଣା କରାଯାଇଛି। ଏହା ମାଧ୍ୟମରେ ଛାତ୍ରଛାତ୍ରୀ, ଶିକ୍ଷକ, ବୁଦ୍ଧିଜିବୀ ଏବଂ ସର୍ବସାଧାରଣଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରାଇ ଧୂମପାନ ସେବନରୁ ନିବୃତ୍ତ କରାଇବାକୁ ପ୍ରବର୍ତ୍ତାଯାଉଛି।

ଧୂମପାନ କେବଳ ଆମ ରୋଗର ଏକ ମାରାତ୍ମକ କାରଣ ନୁହେଁ। ଏହା ଏକ ନିହାତି ଅସଭ୍ୟତା ଏବଂ ଅଭଦ୍ରତା। ଏ ନେଇ ଗାନ୍ଧି କହିଛନ୍ତି- ***"ଯେବେଠାରୁ ମୁଁ ବଡ଼ ହୋଇଛି, ମୁଁ କେବେବି ଧୂମପାନ କରିବାକୁ ଇଚ୍ଛା କରିନାହିଁ ଏବଂ ସର୍ବଦା ଧୂମପାନ ଅଭ୍ୟାସକୁ ଅସଭ୍ୟ, ଘୃଣ୍ୟ ଓ କ୍ଷତିକାରକ ବୋଲି ବିବେଚନା କରିଛି। ମୁଁ କେବେବି ବୁଝିପାରିନାହିଁ ଯେ ସମଗ୍ର ବିଶ୍ୱରେ ଧୂମପାନ ପାଇଁ ଏତେ ଆବେଗ କାହିଁକି ? ଧୂମପାନ କରୁଥିବା ଲୋକମାନଙ୍କ ଦ୍ୱାରା ପୂର୍ଣ୍ଣ ହୋଇଥିବା ଏକ ରେଳଡ଼ବାରେ ବସିବାକୁ ମୁଁ ସହ୍ୟ କରିପାରିବି ନାହିଁ। -ସତ୍ୟ ସହିତ ମୋ ପରୀକ୍ଷା।"***

# କାଥୋଲିକ ଓ ପ୍ରୋଟେଷ୍ଟାଣ୍ଟ ବିବାଦ

**ଆ**ମ ଦେଶର ଜାତିଗତ ବିବାଦ ସଂପର୍କୀୟ ଘଟଣା ସବୁବେଳେ ଆମେ ବହୁଳ ଭାବରେ ଆଲୋଚନା କରି ସେ ସମୟର ନିର୍ଯାତନା ପାଇଁ ଏବେ ମଧ୍ୟ କିଛି ନିର୍ଦ୍ଦିଷ୍ଟ ଜାତି ବା ସଂପ୍ରଦାୟଙ୍କୁ ଦାୟୀ କରି ନିନ୍ଦା ଓ ଭତ୍ସନା ଜାରି ରଖିଛୁ । ପ୍ରତିଦିନ ମନୁଙ୍କ ସପ୍ତପୁରୁଷକୁ ଶ୍ରାଦ୍ଧ କରାଯାଉଛି । ବ୍ରାହ୍ମଣମାନଙ୍କ ମୁହଁରେ କଳା ବୋଳାଯାଉଛି । ଆମ ଦେଶରେ ଜାତିଗତ ବିଭେଦ ପାଇଁ କେବେ ରକ୍ତପାତ ହୋଇ ନଥିଲା । ସମୟ ଅନୁଯାୟୀ ଲୋକମାନେ ଅତୀତକୁ ଭୁଲି ସଂହତିରେ ଜୀବନ କଟାଇଲା ବେଳକୁ ଆମ ନେତାମାନେ ଲୋକମାନଙ୍କୁ ଶାନ୍ତିରେ ରଖାଇ ଦେଉନାହାନ୍ତି । ଦଳିତ, ଅନୁସୂଚିତ ବୋଲି ଅନେକ ଶବ୍ଦ ସୃଷ୍ଟି କରି ସବୁବେଳେ ଅତୀତକୁ ଉଖୁରାଉଛନ୍ତି । ନାନାପ୍ରକାର ସଂରକ୍ଷଣରେ ଦେଶକୁ ଶତ ବିଭକ୍ତ କରି ନିଜର ଭୋଟବ୍ୟାଙ୍କ ସୃଷ୍ଟି କରି ଚାଲିଛନ୍ତି ।

ମଧ୍ୟଯୁଗରେ ଖାଲି ଭାରତ ନୁହେଁ, ପୃଥିବୀର ସବୁଆଡେ ଭୟଙ୍କର ଧର୍ମଗତ ବିଭେଦ ଲାଗିଥିଲା । ଯେଉଁ ୟୁରୋପୀୟମାନେ ଆଜି ସାହେବ ହୋଇଛନ୍ତି, କ୍ରୀତଦାସ ପ୍ରଥା ଭଳି ଜଘନ୍ୟ ପ୍ରଥାକୁ ଶହ ଶହ ବର୍ଷ ବଂଚ-ାଇ ରଖିଥିଲେ । ମଣିଷକୁ ପଶୁଠାରୁ ଆହୁରି ହୀନ କରିଥିଲେ । ଖ୍ରୀଷ୍ଟଆନମାନେ ସେମାନଙ୍କର ଜାତିଭେଦ ନାହିଁ କହି ଆମକୁ ଘୃଣା କରନ୍ତି, ସେମାନଙ୍କର କାଥୋଲିକ ଓ ପୋଟେଷ୍ଟାଣ୍ଟମାନଙ୍କ ମଧ୍ୟରେ ବିବାଦ ହୋଇ ଶହ ଶହ ଜିଅନ୍ତା ମଣିଷକୁ କିପରି ପୋଡି ମାରୁଥିଲେ, ତାହାର ସାକ୍ଷୀ ଇତିହାସ ହିଁ ରହିଛି ।

ପ୍ରଥମ ଖ୍ରୀଷ୍ଟାବ୍ଦସରେ ପ୍ରାଚୀନ ଇସ୍ରାଏଲ ଭୂମି (ଜୁଡାଇ)ର ଜେସସ କ୍ରାଏଷ୍ଟ ଖ୍ରୀଷ୍ଟଧର୍ମ ପ୍ରଚାର କରିଥିଲେ । ଏକ ନୂତନ ଧର୍ମ ଆଗମନରେ ଆତଙ୍କିତ ହୋଇ ସେଠାର ମୂଳ ଅଧିବାସୀ ଇହୁଦୀମାନଙ୍କର ପୂଜକ ମାନେ ରୋମାନ ଶାସକ ହିରୋଡଙ୍କ ଆଗରେ ଯୀଶୁଙ୍କ ବିରୁଦ୍ଧରେ ଆରୋପ ଆଣି ତାଙ୍କୁ କ୍ରୁସ ବିଦ୍ଧ କରାଇ ହତ୍ୟା କରିଥିଲେ । ସେତେବେଳେ ଧର୍ମରେ ନୂଆ ଚିନ୍ତାଧାରାକୁ ପ୍ରାଣଦଣ୍ଡ ଦେଇ ଦବାଇ ଦିଆଯାଉଥିଲା । ପରେ ପଲ, ପିଟର ଭଳି ଶିଷ୍ୟମାନେ ଆତ୍ମବଳି ଦେଇ ଏହାର ପ୍ରଚାର କରିଥିଲେ । ନୂତନ ଧର୍ମାବଲମ୍ବୀମାନେ ନାନା ନିର୍ଯାତନାର ଶିକାର ହେଲେ । ତୃତୀୟ ଶତାବ୍ଦୀରେ ରୋମ ସମ୍ରାଟ କନଷ୍ଟାଣ୍ଟାଇନ ରୋମର ରାଜଧର୍ମ ରୂପେ ଖ୍ରୀଷ୍ଟଧର୍ମ କୁ ଗ୍ରହଣ କରିବାରୁ ଏହା ସାରା ରୋମ ସାମ୍ରାଜ୍ୟରେ ବ୍ୟାପିଗଲା । ଚର୍ଚ୍ଚମାନ ପ୍ରତିଷ୍ଠା କରାଗଲା । ରୋମର ବିଶପଙ୍କୁ ପୋପ କୁହାଗଲା । ଧର୍ମକୁ ରୋମାନ କାଥୋଲିକ (Universal) ଧର୍ମ ନାମ ଦିଆଗଲା । ଖ୍ରୀଷ୍ଟ ଧର୍ମର ଧର୍ମଗ୍ରନ୍ଥ ବାଇବେଲ ଲାଟିନ ଭାଷାରେ ଲେଖା ଥିଲା । ପ୍ରତି ରବିବାର ଦିନ ଚର୍ଚ୍ଚକୁ ଯିବା ବାଧ୍ୟତାମୂଳକ ଥିଲା। ମଣିଷର ବ୍ୟକ୍ତିଗତ ଜୀବନକୁ ଚର୍ଚ୍ଚ ନିୟନ୍ତ୍ରଣ କଲା। ୟୁରୋପର ଏକ ତୃତୀୟାଂଶ ଜମି ଚର୍ଚ୍ଚ ଅଧୀନରେ ଥିଲା । ପୋପ ଖ୍ରୀଷ୍ଟଆନ ଜଗତର ସର୍ବୋଚ୍ଚ ଧର୍ମଗୁରୁ ହେଲେ । ବିସପ, କାଡିନାଲ, ପ୍ରିଷ୍ଟ ମାଧ୍ୟମରେ ସାଧାରଣ ଲୋକମାନେ ଈଶ୍ୱରଙ୍କ ଉପଲବ୍ଧ କରୁଥିଲେ । ଅନୁତାପ, କନଫେସନ, ବାପ୍ଟିଜିମ ଓ ସତକାମ ଏହି ଧର୍ମର ମୂଳମନ୍ତ୍ର ଥିଲା । ପୋପ ସମସ୍ତ ଖ୍ରୀଷ୍ଟିଆନ ଜଗତର ସର୍ବୋଚ୍ଚ ଗୁରୁ ଥିଲେ । ସେ ବିସପ, କାଡିନାଲମାନଙ୍କୁ ନିଯୁକ୍ତି ଦେଉଥିଲେ । ପାପାଲ କିଙ୍ଗଡମ ନାମରେ ରାଜ୍ୟର ଶାସକ ମଧ୍ୟ ଥିଲେ । ପ୍ରତ୍ୟେକ ଶାସକ ନିଜ ଅଭିଷେକ, ବିବାହ ପାଇଁ ପୋପଙ୍କର ଅନୁମତି ନେଉଥିଲେ । କାଥୋଲିକ ଧର୍ମରେ କୌଣସି ଭିନ୍ନମତକୁ ଆଶ୍ରୟ ଦିଆଯାଉ ନ ଥିଲା । ନିଜର ନୂଆ ମତ (Heliocentrism,The Sun not Earth is in centre) ପାଇଁ ବୟସ୍କ ବୈଜ୍ଞାନିକ ଗାଲିଲିଓଙ୍କୁ ନାନା ଅପମାନ ଦିଆଗଲା (୧୫୩୪) । ସେ ମିଛୁଆ ଓ ଉଦଭ୍ରାନ୍ତ (Heratic) ବୋଲି ଘୋଷଣା କରାଗଲା । ସେ ଜୀବନଯାକ ଗୃହବନ୍ଦୀ ରହିଲେ । କବର ପାଇଁ ଯାଗା ଦିଆଗଲା ନାହିଁ । କାଳକ୍ରମେ ଅନେକ ଚିନ୍ତାଶୀଳ ବ୍ୟକ୍ତି ଧର୍ମର ସଂସ୍କାର ଚାହିଁଲେ । ସେମାନଙ୍କ ମଧ୍ୟରେ ଜର୍ମାନର ମାର୍ଟିନ ଲୁଥର ଓ କାଲଭିନ ପ୍ରଧାନ । ସେ ୯୫ ଥେସିସ ନାମରେ ଏକ ପୁସ୍ତକ ଲେଖି (୧୫୨୩) ପୋପଙ୍କ ଆଧିପତ୍ୟକୁ ପ୍ରୋଟେଷ୍ଟ କରିବାରୁ ତାଙ୍କ ଧର୍ମକୁ ପ୍ରୋଟେଷ୍ଟାଣ୍ଟ କୁହାଗଲା । ସେମାନେ ବାଇବେଲକୁ ସ୍ଥାନୀୟ ଭାଷାରେ ଛପାଇଲେ । ଈଶ୍ୱର ଓ ବ୍ୟକ୍ତି ମଧ୍ୟରେ ପ୍ରିଷ୍ଟର (ଚର୍ଚ୍ଚ) ମାଧ୍ୟମ ଦରକାର ନାହିଁ ବୋଲି କହିଲେ । ମଦର ମେରୀଙ୍କ ଈଶ୍ୱରତ୍ୱକୁ ମାନିଲେ ନାହିଁ । ଅନୁତାପ, ସତକର୍ମ ବଦଳରେ ଈଶ୍ୱରଙ୍କ ପ୍ରତି ବିଶ୍ୱାସକୁ ପ୍ରାଧାନ୍ୟ ଦେଲେ । ଦଣ୍ଡରୁ କ୍ଷମା ପାଇଁ ଚର୍ଚ୍ଚମାନେ ଅର୍ଥ ନେବାକୁ ବିରୋଧ କଲେ । ସେମାନେ ନିଜର ସ୍ୱତନ୍ତ୍ର ଚର୍ଚ୍ଚ (Redemption) ପ୍ରତିଷ୍ଠା କଲେ । ପ୍ରତ୍ୟେକ ଚର୍ଚ୍ଚ ସମାନ ବୋଲି ଘୋଷଣା କଲେ । ଏହାର ସାମନା ପାଇଁ ପୋପ ସଂସ୍କାର କାର୍ଯ୍ୟକାରୀ କଲେ (୧୫୨୭) । ଜର୍ମାନୀର ଶାସକମାନେ ଲୁଥରଙ୍କୁ ସମର୍ଥନ କଲେ । ଜର୍ମାନୀ ସେତେବେଳେ ପବିତ୍ର ରୋମାନ ସମାଜର ଅନ୍ତର୍ଗତ ଥିଲା, ଯେ କି ପୋପଙ୍କର ଦୃଢ ସମର୍ଥକ ଥିଲେ । ଜର୍ମାନରେ ତିରିଶ ବର୍ଷ ଧରି ଯୁଦ୍ଧ ଚାଲିଲା । ଅନେକ ରାଜ୍ୟ ଧ୍ୱଂସ ହେଲା । କୁହାଯାଏ ଜର୍ମାନର ଏକ ତୃତିୟାଂଶ ଲୋକ ଏହି ଧର୍ମଯୁଦ୍ଧରେ ମରିଗଲେ । ଲାଟିନ ଆମେରିକା, ଇଟାଲି, ସ୍ପେନ୍, ପର୍ତ୍ତୁଗାଲ, ୨୩-ଇଷ୍ଟର୍ଣ୍ଣ ଅର୍ଥୋଡସ୍କ କାଥୋଲିକ ଧର୍ମର (୧.୨ ବିଲିଅନ) ସମର୍ଥକ ଥିଲେ । ଜର୍ମାନ, ଫ୍ରାନସ, ଆମେରିକା, ହଲାଣ୍ଡ ପ୍ରୋଟେଷ୍ଟାଣ୍ଟକୁ ଆପଣଇଲେ (୮୦ ମିଲିଅନ) । ଏଥିନେଇ ଦେଶ-ଦେଶ ମଧ୍ୟରେ ଯୁଦ୍ଧ ଚାଲିଲା । ଇଂଲଣ୍ଡର ହେନେରି-୮ଙ୍କ ପୋପଙ୍କ ସହ ବିବାଦ ହେବାରୁ ସେ ନିଜ ଦେଶରେ କାଥୋଲିକ ଚର୍ଚ୍ଚମାନ ବନ୍ଦ କରାଇଦେଲେ । ଅତ୍ୟାଚାରରୁ ରକ୍ଷାପାଇବା ପାଇଁ ଅନେକ ଦେଶ ଛାଡିଲେ । ତାଙ୍କ କନ୍ୟା ମେରି ଶାସକ ହେଲାପରେ କାଥୋଲିକଙ୍କୁ ସମର୍ଥନ କଲେ । ପ୍ରୋଟେଷ୍ଟାଣ୍ଟ ମାନଙ୍କୁ ମୃତ୍ୟୁଦଣ୍ଡ ଦେଉଥିଲେ । ତାଙ୍କର ମାତ୍ର ୫ ବର୍ଷ ଶାସନ ମଧ୍ୟରେ ଆର୍କ ବିଶପ କାଉନବରି (କ୍ରାନମର)ଙ୍କ ସମେତ ୨୭୮ଜଣଙ୍କୁ ନିଆଁରେ ପୋଡି ମାରିଥିଲେ । ସେଥିପାଇଁ (Inquisition Law) ବୋଲି ଲୋକେ ଡାକିଲେ । ସ୍ପେନର ଜଣେ ପ୍ରୋଟେଷ୍ଟାଣ୍ଟ କେଟେନ ରିପିଲ (ଶିକ୍ଷକଙ୍କୁ) ଧର୍ମଯାଜକ ପ୍ରିସାଲିନଙ୍କୁ ପୋଡି ମାରିଦିଆଗଲା । ତାଙ୍କର ଅପରାଧ ହେଲା ସେ ଚର୍ଚ୍ଚରେ ପ୍ରାର୍ଥନା ନକରି ଘରେ ପ୍ରାର୍ଥନା କରାଉଥିଲେ । ଆୟରଲାଣ୍ଡରେ କାଥୋଲିକମାନଙ୍କୁ ୪୫ ଫୁଟ ବାଡ ଦିଆଯାଇ ନିଆରା ରଖାଗଲା । ଇଂଲଣ୍ଡରେ ଗୃହଯୁଦ୍ଧ ହୋଇ ରାଜା ଚାର୍ଲସ (କାଥୋଲିକ)ଙ୍କୁ ହତ୍ୟା କରାଗଲା । ସାରା ୟୁରୋପରେ ଇହୁଦୀ ମାନଙ୍କୁ ଘୃଣା କରି ଘେଟୋରେ ରଖାଗଲା ।

ଭିନ୍ନ ମତାବଲମ୍ବୀମାନଙ୍କୁ ନିୟନ୍ତ୍ରଣରେ ରଖିବା ପାଇଁ ପୋପ କାଥେଲିକମାନଙ୍କ Inquisition Law ପ୍ରଣୟନ ପାଇଁ ଆଦେଶ ଦେଲେ । ଏହା ବର୍ତ୍ତମାନର ତାଲିବାନ ଆଇନଠାରୁ ଆହୁରି ଜଘନ୍ୟ ଥିଲା । ସ୍ୱତନ୍ତ୍ର ବିଚାରପତି ନିଯୁକ୍ତି ପାଇଲେ । ଯେଉଁମାନେ ଠିକ୍ ଭାବେ ଧର୍ମ ଆଚରଣ କରୁନଥିବେ (Heratics, Heresy) ସେମାନଙ୍କ ପାଇଁ ବିଭିନ୍ନ ଦଣ୍ଡର ବ୍ୟବସ୍ଥା ରହିଲା । ବିଶେଷତଃ ନିୟୁ ଖ୍ରୀଷ୍ଟିଆନ (Converted Christian)ମାନେ ନିଜ ପୁରୁଣା ଧର୍ମର ବ୍ୟବସ୍ଥା ମାନୁଥିବାରୁ ଏହାର ଶିକାର ହେଉଥିଲେ । ଦଣ୍ଡ ହେଲା, ନିଆଁରେ ପୋଡି ମାରିବା, ସାଧାରଣ ଜାଗାରେ ବାନ୍ଧି ଚାବୁକ ମାରିବା, ଲୋକମାନେ ଟେକା ଫିଙ୍ଗିବା, ଛିପ ପକାଇବା, ଯାହା ଏକ ପୂଣ୍ୟ କାର୍ଯ୍ୟ ବୋଲି ବିବେଚିତ ଥିଲା। ନିର୍ଜନ କାରାବାସ, ଦେଶାନ୍ତର, ଉପରୁ କଚାଡି ହାଡ ଗୋଡ ଭାଙ୍ଗି ଦେବା । ଶାସକ ମାନେ ନିଜ ବିରୋଧୀଙ୍କୁ ଏହି ସୁଯୋଗରେ ଧର୍ମଦ୍ରୋହୀ କହି ଦଣ୍ଡ ଦେଲେ । ସାରା ୟୁରୋପ ଓ ସେମାନଙ୍କର କଲୋନିମାନଙ୍କରେ ହଜାର ହଜାର ବ୍ୟକ୍ତିଙ୍କୁ ହତ୍ୟା କରାଗଲା । ପର୍ତ୍ତୁଗୀଜ ଅଧିକୃତ ଗୋଆରେ ଧର୍ମପ୍ରାଣ ସେଣ୍ଟ ଫ୍ରାନସିସ ଜାଭିଅରଙ୍କ ଆଦେଶରେ ୭୦ ଜଣଙ୍କୁ ନିଆଁରେ ପୋଡି ମାରି ଦିଆଯାଇଥିଲା । ୟୁରୋପରୁ ଏହି କଳାରାତି ନେପୋଲିଅନଙ୍କ ଆବିର୍ଭାବରେ ସମାପ୍ତ ହୋଇଥିଲା । ସେ ଆଦେଶ ଦେଇ ଏହି ଆଇନକୁ ଉଠାଇ ଦେଇଥିଲେ । ଆମର ଅତୀତକୁ ସମାଲୋଚନା କଲା ବେଳେ ସେହି ଉନ୍ନତ ଦେଶମାନଙ୍କ ଅତୀତକୁ ତୁଳନା କଲେ, ଆମ ବ୍ୟବସ୍ଥା ଯେ ତାଙ୍କ ଠାରୁ ସହସ୍ରଗୁଣ ଉଦାର ଥିଲା, ତାହା ନିଃସନ୍ଦେହରେ କୁହାଯାଇପାରିବ । ସେଥିପାଇଁ ଆମର ଅତୀତରେ ଯାହାକିଛି ଦୁର୍ବଳତା ରହିଛି, ତାହା ପାଇଁ ଲଜ୍ଜିତ ହେବାର ଆବଶ୍ୟକତା କିଛି ନାହିଁ ।

# ବିଷାଦଗ୍ରସ୍ତ ଭାରତ

**ବ୍ୟ**ସ୍ତବହୁଳ ଜୀବନରେ ଜଞ୍ଜାଳମୟ ମୁହୂର୍ତ୍ତ ସମସ୍ତଙ୍କୁ ଅସ୍ତବ୍ୟସ୍ତ କରୁଛି। କର୍ମକ୍ଷେତ୍ର ଠାରୁ ବୃତ୍ତିଗତ କ୍ଷେତ୍ର ସବୁଠି ବ୍ୟସ୍ତତା, ଅଶାନ୍ତି ଓ ବିଶାଦର ଚିହ୍ନ। ନିକଟରେ ଜାତୀୟ ସ୍ୱାସ୍ଥ୍ୟ ବୁଲେଟିନର ତଥ୍ୟକୁ ଅନୁଯାୟୀ ଭାରତକୁ ଏକ ପ୍ରକାର ବିଷାଦମୟ ପରିବେଶ ସଂକ୍ରମିତ କରିଛି ବୋଲି ପରୋକ୍ଷରେ ତଥ୍ୟ ରଖିଛି। କେବଳ ସେତିକି ନୁହେଁ ସମାଜ ବିଜ୍ଞାନୀଙ୍କ ମତରେ ଭାରତକୁ କୁହାଯାଇଛି ଆତ୍ମହତ୍ୟାର ରାଜଧାନୀ। ଏହାର କାରଣ ଭାବେ ମେଡ଼ିକାଲ ରିସର୍ଚ୍ଚ ଆସୋସିଏସନ୍ ଦର୍ଶାଇଛି ଯେ ଭାରତ ଦିନକୁ ଦିନ ଅଧିକରୁ ଅଧିକ ବିଷାଦଗ୍ରସ୍ତ ହୋଇ ପଡୁଛି। ଏହାର କାରଣ ଅନେକ। ଯୁବକମାନଙ୍କ ଭିତରେ ରହିଛି ପରୀକ୍ଷା ବା ଚାକିରୀ ପାଇବାରେ ବିଫଳତା ଏବଂ ବେକାରୀ। ପ୍ରେମଜନିତ ଆତ୍ମହତ୍ୟା ଘଟନା ବି ବେଶ୍ ବଢ଼ିବାରେ ଲାଗିଛି। ସେହିପରି ଘରଣୀମାନେ ମଧ୍ୟ ଆଗଠାରୁ ଅଧିକ ସଂଖ୍ୟାରେ ଆତ୍ମହତ୍ୟା କରୁଛନ୍ତି। ସେମାନଙ୍କ ପରେ ଆସୁଛନ୍ତି ବୃଦ୍ଧ ବା ବୃଦ୍ଧା। ବରିଷ୍ଠ ନାଗରିକମାନେ ମଧ୍ୟ ନିଃସଙ୍ଗତା ଓ ଆର୍ଥିକ ଅନଟନଜନିତ କାରଣରୁ ବିଷାଦଗ୍ରସ୍ତ ହୋଇ ଆତ୍ମହତ୍ୟା କରୁଛନ୍ତି। ଏକ ସର୍ବେକ୍ଷଣରୁ ଜଣାପଡ଼ିଛି ଭାରତର ପ୍ରାୟ ଦୁଇ ତୃତୀୟାଂଶ ଲୋକେ ସାମାନ୍ୟ ଭାବେ ବିଷାଦଗ୍ରସ୍ତ। କିନ୍ତୁ ଏକ ଚତୁର୍ଥାଂଶ ଭାରତ ଅତି ମାତ୍ରାରେ ବିଷାଦଗ୍ରସ୍ତ, ଯାହାକି ଆତ୍ମହତ୍ୟାର ମୁଖ୍ୟ କାରଣ। ଜଣାପଡ଼ିଛି ଯେ ଭାରତରେ ଏବେ ପ୍ରତି ପନ୍ଦର ମିନିଟ୍‌ରେ ତିନିଟି ଆତ୍ମହତ୍ୟା ଘଟନା ଘଟୁଛି। ଏହି ତିନିଟି ଭିତରୁ ୧୮ରୁ ୨୯ ବର୍ଷ ବୟସ ଭିତରେ ଯୁବକ ବା ଯୁବତୀଙ୍କ ସଂଖ୍ୟା ହେଉଛି ଗୋଟିଏ। ଭାରତକୁ ଆତ୍ମହତ୍ୟାର ରାଜଧାନୀ ବୋଲି କୁହାଯିବା ପଛରେ କାରଣ ହେଉଛି ପ୍ରତିବର୍ଷ ଯେତିକି ଆତ୍ମହତ୍ୟା ଘଟନା ରିପୋର୍ଟ ହେଉଛି ତା ସଂଖ୍ୟା ଏକ ଲକ୍ଷରୁ ଅଧିକ। ନ୍ୟାସନାଲ କ୍ରାଇମ୍ ବ୍ୟୁରୋର ରିପୋର୍ଟରୁ ଜଣା ପଡ଼ିଛି ଯେ ପ୍ରତିଟି ଆତ୍ମହତ୍ୟା ସଫଳ ହେବା ପଛରେ ରହିଥାଏ ପ୍ରାୟ ୧୨ଟି ବିଫଳ ଆତ୍ମହତ୍ୟାର ଉଦ୍ୟମ ହୋଇଥାଏ। ଜଣାପଡ଼ିଛି ଯେ ଭାରତରେ ବିଷ ପିଇ ଆତ୍ମହତ୍ୟା କରୁଥିବା ଲୋକଙ୍କ ସଂଖ୍ୟା ସର୍ବାଧିକ। ଏବେ ଆତ୍ମହତ୍ୟାର ଧାରାରେ ଯେଉଁ ପରିବର୍ତ୍ତନ ବିଷୟରେ ସୂଚନା ମିଳିଛି ତାହା ହେଲା, ଏବେ ବରିଷ୍ଠ ନାଗରିକମାନଙ୍କ ଦ୍ୱାରା ଆତ୍ମହତ୍ୟାର ସଂଖ୍ୟା ବଢ଼ିଛି। ଛାତ୍ରଛାତ୍ରୀମାନଙ୍କ ଭିତରେ ଆତ୍ମହତ୍ୟାକୁ ରୋକିବାକୁ ହେଉଥିବା ବିଭିନ୍ନ ସ୍ତରୀୟ ଉଦ୍ୟମ ପରେ ସେଥିରେ କିଞ୍ଚିତ ରୋକ ଲାଗିଥିବାର ଦେଖାଯାଉଛି। ଶାସ୍ତ୍ର କହୁଛି ମଣିଷ ହେଉଛି ଭଗବାନଙ୍କ ସୃଷ୍ଟିର ଶ୍ରେଷ୍ଠ ବରଦାନ। କିନ୍ତୁ ସବୁକିଛି ଥାଇ ବି ଆମ୍ଭମାନଙ୍କ ଭିତରେ ବିଷାଦ କାହିଁକି ସ୍ଥାନ ପାଉଛି। ଜୀବନରେ ଅଭାବ ଯନ୍ତ୍ରଣା, ଅପମାନ ଠାରୁ ଅନେକ ଝଡ଼ଝଞ୍ଜାର ସ୍ଥାନ ରହିଛି। ସବୁଠି ପରିସ୍ଥିତିର ପ୍ରତିକୂଳକୁ ସାମ୍ନା କରି ଜୀବନ ପଥକୁ ଆଗକୁ ମାଡ଼ିଚାଲିବାର କଥା। ଆମ୍ଭେମାନେ ଚେଇଁ ଶୋଇଲା ପରି ସବୁକିଛି ଜାଣି ବି ଅଜଣା ପାଲଟୁଛେ। ବିଷାଦର ମୁଖ୍ୟ କ୍ଷେତ୍ର ହେଉଛି ହତାଶବୋଧ ଯାହାକି ଜୀବନର ଶେଷ ରାସ୍ତାରେ ମଣିଷଟିକୁ ପହଞ୍ଚାଇ ଦେଉଛି। ବାସ୍ତବାଦୀ ଜୀବନରେ ଦରଦାମ୍‌ର ବୋଝ, ପରିବାରକୁ ସମୟ ଦେଇନପାରି ବ୍ୟସ୍ତତାର ମାନସିକତା, କାର୍ଯ୍ୟକ୍ଷେତ୍ରରେ ଗୁରୁଦାୟିତ୍ୱ, ଇପ୍‌ସିତ ବସ୍ତୁ ବା ସମ୍ପତି ନପାଇବା, ତଥାକଥିତ ଭାଗ୍ୟବାଦୀ ଜ୍ୟୋତିଷଙ୍କ ପରାମର୍ଶରେ ଭାଗ୍ୟନାହିଁ ବିଚାର କରିବା ପରି ବିଭିନ୍ନ ପ୍ରକାର ମାନସିକତା କବଳିତ କରୁଛି ଲୋକଚରିତ୍ରକୁ। ସମାଜରେ ବିଷାଦଗ୍ରସ୍ତତା ସବୁଠାରୁ ବଡ଼ ବ୍ୟାଧି ବୋଲି ମହାପୁରୁଷ ସେମାନଙ୍କ ମାର୍ଗଦର୍ଶନରେ କହିଛନ୍ତି। ବିଷାଦତା ଏକ ରୋଗ ନୁହେଁ ବାସ୍ତବରେ ଏହା ଏକ ମାନସିକତା। କ୍ଷୁଦ୍ର କୁଟୀରରେ ରାଜଉଆଁସର ସୁଖ ଜଣେ ପାଇ ନପାରେ କିନ୍ତୁ ଶାନ୍ତି ତ ନିଶ୍ଚିତ ପାଇପାରିବ ! ତେବେ ଏ ସବୁ ଜାଣି କ'ଣ ପାଇଁ ବିଷାଦଗ୍ରସ୍ତ ସମାଜରେ ଆମ୍ଭେମାନେ ଜୀବନ ନିର୍ବାହ କରୁଛେ। ଆସନ୍ତୁ ବିଷାଦଗ୍ରସ୍ତତାକୁ ମନ ଭିତରୁ ଦୂର କରି ଜୀବନକୁ ଭଲ କାମ ପାଇଁ ଭଲ ରାସ୍ତାରେ ନେବା ସହ ବିଷାଦଗ୍ରସ୍ତ ଭାରତକୁ ବଦଳାଇବାରେ ଗୁଣ୍ଡୁଚି ମୂଷା ପରି ଜଣେ ନାଗରିକ ହିସାବରେ ଦାୟିତ୍ୱ ନିର୍ବାହ କରି ସମାଜର କଲ୍ୟାଣ ସାଧିତ କରିପାରିବା।

# ପ୍ରଧାନଶିକ୍ଷକ ସମ୍ମିଳନୀ ଉଦଯାପିତ

ପୁରୀ,(ପି.ଏନ): ଟାଉନ ହଲ ଠାରେ ଦୀର୍ଘ ୩ ଦିନ ଧରି ପରିଚାଳିତ ହେଉଥିବା ପୁରୀ ଜିଲ୍ଲା ମାଧ୍ୟମିକ ବିଦ୍ୟାଳୟ ପ୍ରଧାନଶିକ୍ଷକ ସମ୍ମିଳନୀ ଆଜି ଉଦଯାପିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଗୃହ ତଥା କ୍ରୀଡ଼ା ଓ ଯୁବ ବ୍ୟାପାର ମନ୍ତ୍ରୀ ତୁଷାରକାନ୍ତି ବେହେରା ମୁଖ୍ୟ ଅତିଥି ଭାବେ ଯୋଗଦେଇ ପାଠପଢ଼ା ସହ କ୍ରୀଡ଼ା କ୍ଷେତ୍ରରେ ମଧ୍ୟ ଛାତ୍ରଛାତ୍ରୀ ମାନଙ୍କ ପ୍ରତି ଯତ୍ନବାନ ହେବାକୁ ପ୍ରେରଣା ଦେଇଥିଲେ। ପାଠରେ ଭଲ କରୁ ନ ଥିବା ଛାତ୍ର ମଧ୍ୟ କ୍ରୀଡ଼ା କ୍ଷେତ୍ରରେ ଭଲ କରି ଜୀବନ ଓ ଜୀବିକାକୁ ସାର୍ଥକ କରିପାରିବେ ବୋଲି ମତପୋଷଣ କରିଥିଲେ। ସମ୍ମାନୀତ ଅତିଥି ରୂପେ ପୁରୀ ଜିଲ୍ଲା ପରିଷଦ ଅଧକ୍ଷା ସ୍ୱପ୍ନାରାଣୀ ସ୍ୱାଇଁ ଉପସ୍ଥିତ ହୋଇ ଭାରତୀୟ ଶିକ୍ଷା ବ୍ୟବସ୍ଥାରେ ପ୍ରଧାନଶିକ୍ଷକ ମାନଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ ଓ ସେମାନେ ସକ୍ରିୟ ହେଲେ ଶିକ୍ଷାର ଗୁଣାତ୍ମକ ମାନ ବୃଦ୍ଧି ହେବା ସହ ସାମଗ୍ରିକ ବିକାଶ ସାଧିତ ହୋଇପାରିବ ବୋଲି କହିଥିଲେ। ଏନ୍ ସି ଆର ଟି ପ୍ରଫେସର ଲକ୍ଷ୍ମୀଧର ବେହେରା ୨୦-୨୦ ନ୍ୟାସନାଲ ଏଜୁକେସନ ପଲିସି ସମ୍ବନ୍ଧରେ ବିଶଦ ବିବରଣୀ ପ୍ରଦାନ କରିଥିଲେ। ପୁରୀ ଜିଲ୍ଲା ସ୍କୁଲ୍ ପ୍ରଧାନଶିକ୍ଷୟତ୍ରୀ ଜ୍ୟୋତିର୍ମୟୀ ମିଶ୍ର ବିଦ୍ୟାଳୟର ପ୍ରାର୍ଥନା ସଭା ସୁପରିଚାଳନା ଓ ଅନ୍ୟାନ୍ୟ ଇନୋଭେଟିଭ୍ କାର୍ଯ୍ୟକ୍ରମ ସମ୍ପର୍କରେ ମତବ୍ୟକ୍ତ କରିଥିଲେ। ଜିଲ୍ଲା ସମଗ୍ର ଶିକ୍ଷା ବିଭାଗର ରମେଶ ଚନ୍ଦ୍ର ସାହୁ ଓ ବିଚିତ୍ରାନନ୍ଦ ଜେନା ପେଡାଗୋଜି ଓ ଅର୍ଥ ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ । ପୁରୀ ଆରଟିଓ ରବୀନ୍ ପଟ୍ଟନାୟକ ସଡକ ନିରାପତା ଓ ଡିସିପିଓ, ମନୋଜ କୁମାର ତ୍ରିପାଠୀ ଶିଶୁ ସୁରକ୍ଷା ବିଷୟରେ ଆଲୋଚନା କରିଥିଲେ । ଜିଲ୍ଲା ଶାରୀରିକ ଶିକ୍ଷା ନିରୀକ୍ଷକ ମହେନ୍ଦ୍ର କୁମାର ବିଶ୍ୱାଳ କ୍ରୀଡ଼ା, ସ୍କାଉଟସ୍ ଓ ଜୁନିୟର ରେଡ଼କ୍ରସ୍ ବିଷୟରେ ବିବରଣୀ ପ୍ରଦାନ କରିଥିଲେ । ବିଶ୍ୱଜିତ ଭୋଳ ପ୍ରୋଗ୍ରାମର, ପି ଏମ୍ ପୋଷଣ ଏମ୍ ଡି ଏମ୍ ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ । ଅନ୍ତର୍ନିବେଶୀ ଶିକ୍ଷା ସଂଯୋଜକ କାର୍ତିକେଶ୍ୱର ପ୍ରଧାନ ଭିନ୍ନକ୍ଷମ ପିଲାମାନଙ୍କ ଅନ୍ତର୍ନିବେଶୀ ଶିକ୍ଷା ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ। ସୁଶୀଲ କୁମାର ବ୍ରହ୍ମା ମଣ୍ଡଳ ଶିକ୍ଷାଧିକାରୀ, ଗୋପ, ଶିକ୍ଷାର୍ଥୀ ମାନଙ୍କ ବୀମା ଯୋଜନା ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ ।ସମସ୍ତ କାର୍ଯ୍ୟକ୍ରମ ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ମମତା ମିଶ୍ର ଓ ହିମାଂଶୁ ଭୂଷଣ ସମର୍ଥ ସଂଯୋଜନା ଓ ସଭାପତି ତଥା ଜିଲ୍ଲା ଶିକ୍ଷାଧିକାରୀ ଡଃ. ବିଶ୍ୱଜିତ ଘୋଷଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପରିଚାଳିତ ହୋଇଥିଲା। ପ୍ରଧାନଶିକ୍ଷକ ରୂପଶ୍ରୀ ଛୋଟରାୟ ବିବରଣୀ ପାଠ କରିଥିଲେ ଓ ଶଙ୍କର କୁମାର ସୁବୁଦ୍ଧି ଧନ୍ୟବାଦ ଅର୍ପଣ କରିଥିଲେ ।

# ଭଣ୍ଡା କେ.ବି. ସରକାରୀ ଉଚ୍ଚ ବିଦ୍ୟାଳୟର ବାର୍ଷିକ ଉତ୍ସବ

ଚମ୍ପୁଆ, (ପି.ଏନ): ଚମ୍ପୁଆ ବ୍ଲକ ଅନ୍ତର୍ଗତ ଭଣ୍ଡା କେ. ବି. ସରକାରୀ ଉଚ୍ଚ ବିଦ୍ୟାଳୟର ବାର୍ଷିକ ଉତ୍ସବ ବିଦ୍ୟାଳୟ ପରିସରରେ ମହାସମାରୋହରେ ପାଳିତ ହୋଇଯାଇଛି । ଉତ୍ସବରେ ବିଦ୍ୟାଳୟର ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ହୃଦାନନ୍ଦ ମହାନ୍ତ ସଭାପତିତ୍ୱ କରିଥିବା ବେଳେ ମୁଖ୍ୟ ଅତିଥି ଭାବେ ପାଟଣାର ପୂର୍ବତନ ବିଧାୟକ ତଥା ଜିଲ୍ଲା ଯୋଜନା ବୋର୍ଡ ଅଧକ୍ଷ ହୃଷିକେଶ ନାଏକ, ମୁଖ୍ୟବକ୍ତା ଭାବେ ଭଣ୍ଡା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ମୁଖ୍ୟ ଚିକିତ୍ସାଧିକାରୀ ଡଃ. ଦୀପକ କୁମାର ସାହୁ, ସମ୍ମାନିତ ଅତିଥି ବଡ଼ବିଲ-ରୁଙ୍ଗଟା ମାଇନ୍ସର ବରିଷ୍ଠ ପ୍ରବନ୍ଧକ ଚିନ୍ମୟ କୁମାର ମହାନ୍ତ ଏବଂ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ବୈଲୋଚନ ମହାନ୍ତ ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀମାନେ ସଫଳତାର ସିଡି ଚଢ଼ିବାକୁ ହେଲେ ସ୍ୱପ୍ନ, ବିଶ୍ୱାସ, ଅଭ୍ୟାସ ଓ ସିଷ୍ଟମ୍ କୁ ଅନୁସରଣ କରିବାକୁ ପଡ଼ିବ ବୋଲି ଦିଗଦର୍ଶନ ଦେଇଥିଲେ। କଠିନ ପରିଶ୍ରମ କରି, ଭଲ ପାଠ ପଢ଼ି ବିଦ୍ୟାଳୟ ତଥା ଦେଶର ସୁନାମ ଆଣିବାକୁ ମୁଖ୍ୟ ଅତିଥି ତାଙ୍କ ବକ୍ତବ୍ୟରେ ଛାତ୍ରଛାତ୍ରୀ ମାନଙ୍କୁ କହିଥିଲେ।

# ବ୍ରହ୍ମା କୁମାରୀ ଗୀତା ପାଠଶାଳାର ରୌପ୍ୟ ଜୟନ୍ତୀ ସମାରୋହ

ଗଞ୍ଜାମ, (ପି.ଏନ): ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱ ବିଦ୍ୟାଳୟ ଶାନ୍ତି ଶକ୍ତି ଭବନ ଦ୍ୱାରା ସ୍ଥାପିତ ତଥା ପରିଚାଳିତ ପିତଳ ତେଲିସାହି ସ୍ଥିତ ବ୍ରହ୍ମାକୁମାରୀ ଗୀତା ପାଠଶାଳାର ସ୍ଥାପନାର ୨୫ତମ ସ୍ୱନକ୍ଷତ୍ର ଦିବସ ତଥା ରୌପ୍ୟ ଜୟନ୍ତୀ ମହା ସମାରୋହରେ ପାଳିତ ହୋଇଯାଇଛି। ଏହି ପରିପ୍ରେକ୍ଷୀରେ ଏକ ବର୍ଣ୍ଣାଢ୍ୟ ପରିବେଶରେ ଶାନ୍ତି ଶକ୍ତି ଭବନ ସଂଚାଳିକା ରାଜଯୋଗିନୀ ବ୍ରହ୍ମାକୁମାରୀ ପ୍ରଭାତୀ ଭଉଣୀ ତଥା ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତିଙ୍କ କରକମଳରେ ଶିବଧ୍ୱଜା ଉତୋଳନ କରିବା ପରେ ଶତାଧିକ ଭଉଣୀ ଭାଇ ଶିବ ସନ୍ଦେଶ ଦେବା ଉଦ୍ଦେଶ୍ୟରେ ଶାନ୍ତି ଯାତ୍ରାରେ ପିତଳ, ତ୍ଅର, ବ୍ରାହ୍ମଣ ଛାଇ, ଆମ୍ବିଳାପଲ୍ଲୀ ଓ ପଙ୍କଳବାଡି ଆଦି ଗ୍ରାମ ପରିକ୍ରମା କରିଥିଲେ। ସନ୍ଧ୍ୟାରେ ପିତଳ ତେଲି ସାହି ସ୍ଥିତ ଗୀତା ପାଠଶାଳା ସମ୍ମୁଖରେ ଏକ ଆଧ୍ୟାତ୍ମିକ ସ୍ନେହ ମିଳନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ରୂପେ ଯୋଗଦେଇ ଥିଲେ ଗଞ୍ଜାମ ଜିଲ୍ଲା ପରିଷଦ ଅଧକ୍ଷା ଅଞ୍ଜଳୀ ସ୍ୱାଇଁ ଏବଂ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ ଧରାକୋଟର ପୂର୍ବତନ ସରପଂଚ ମନୋଜ ସ୍ୱାଇଁ, ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତି, ଜିଲ୍ଲା ପରିଷଦ ପ୍ରତିନିଧି ବରୁଣ କୁମାର ପଲାଇ ।କାର୍ଯ୍ୟକ୍ରମର ମୁଖ୍ୟବକ୍ତା ରାଜ ଯୋଗିନୀ ବ୍ରହ୍ମାକୁମାରୀ ପ୍ରଭାତୀ ଭଉଣୀ ପ୍ରକାଶ କରିଥିଲେ ଯେ, ସହଜ ରାଜଯୋଗ ଅଭ୍ୟାସ କରି ବିଗତ ୨୫ ବର୍ଷ ମଧ୍ୟରେ ପିତଳ ଗ୍ରାମପଂଚାୟତର ଶତାଧିକ ଭଉଣୀ ଭାଇଙ୍କ ସରଳ, ନିରାଡମ୍ବର, ସାତ୍ତ୍ୱିକ ଜୀବନଶୈଳୀ ଅଂଚଳବାସୀଙ୍କ ପାଇଁ ଆଦର୍ଶ ବନିଛି। ସମ୍ମାନିତ ଅତିଥି ଧରାକୋଟ ପୂର୍ବତନ ସରପଂଚ ମନୋଜ ସ୍ୱାଇଁ ଓ ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତି ବ୍ରହ୍ମାକୁମାରୀ ମୁଖ୍ୟାଳୟ ମାଉଂଟ ଆବୁ ଦର୍ଶନ ସମୟର ଅନୁଭୂତି ପ୍ରକାଶ କରିଥିଲେ। ସମସ୍ତଙ୍କ ଗହଣରେ ରଜତ ଜୟନ୍ତୀ ଉପଲକ୍ଷେ ପରମାତ୍ମାଙ୍କ ସ୍ମୃତିରେ ପ୍ରଦୀପ ପ୍ରଜ୍ୱଳନ କରାଯାଇଥିଲା। ବ୍ରହ୍ମାକୁମାର ସତ୍ୟପ୍ରିୟ କାର୍ଯ୍ୟକ୍ରମ ପରିଚାଳନା କରିଥିବା ବେଳେ ବ୍ରହ୍ମାକୁମାର ପଂଚାନନ, ପଂଚାୟତ୍ରି, ରାମପ୍ରସାଦ, ଲୋଚନ, ରାଧାଶ୍ୟାମ ଓ ବ୍ରହ୍ମାକୁମାରୀ ଲୀଳା, ଭାଗ୍ୟ, ସୁଜ୍ଞାନୀ, ସ୍ମିତା, ସୁମିତ୍ରା, କସ୍ତୁରି, ସବିତା ତଥା ଅନ୍ୟାନ୍ୟ ଭଉଣୀ ଭାଇ ପରିଚାଳନାରେ ସହଯୋଗ କରିଥିଲେ।




# ଆପାହାତୁ ରେଳ ସାଇଡିଂର ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ଆତ୍ମସାତ ଉଦ୍ୟମ ଅଭିଯୋଗ

ଯୋଡା, (ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣି ମଣ୍ଡଳର ଜୁରୁଡି ସ୍ଥିତ ଏସେଲ୍ ମାଇନିଂ ଇଣ୍ଡଷ୍ଟ୍ରିଜ୍ ଲିମିଟେଡ କମ୍ପାନୀର ଆପାହାତୁ ସ୍ଥିତ ରେଳ ସାଇଡିଂରେ ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ସ୍ଥାନୀୟ ଜଳହରି ସରପ□ ବାଟ ମାରଣା କରିଥିବା ଅଭିଯୋଗ ହୋଇଛି । ଜଳହରି ଗ୍ରାମବାସୀଙ୍କ ଅଭିଯୋଗ ଅନୁଯାୟୀ ଜଣାପଡିଛି ଯେ, ଏସେଲ୍ ଖଣି କମ୍ପାନୀର ନିଜସ୍ୱ ଆପାହାତୁ ରେଳ ସାଇଡିଂରେ ର୍‍ୟାକ୍ ଲୋଡିଂ ଆରମ୍ଭ ହେବା ବେଳେ ସ୍ଥାନୀୟ ଜଳହରି ଗ୍ରାମ ପ□ାୟତ ବାସୀ ନିଯୁକ୍ତି, ଲୋଡିଂ ଓ ପରିବହନ କାର୍ଯ୍ୟ ଦାବିକରି ଆନ୍ଦୋଳନ କରିଥିଲେ । କମ୍ପାନୀ କର୍ତ୍ତୃପକ୍ଷ ସ୍ଥାନୀୟ ସରପ□ , ସମିତି ସଭ୍ୟ ଓ ସ୍ଥାନୀୟ କିଛି ନେତୃଶ୍ରେଣୀୟ ବ୍ୟକ୍ତି ବିଶେଷଙ୍କ ସହିତ ଆଲୋଚନା କରି ରେଳ ସାଇଡିଂରେ ର୍‍ୟାକରେ ପରିବହନ ହେଉଥିବା ଖଣିଜର ପ୍ରତି ମେଟ୍ରିକ ଟନ୍ ହିସାବରେ ସ୍ଥାନୀୟ ଲୋକଙ୍କୁ ଦିଆଯିବାର ଚୁକ୍ତି ହୋଇଥିଲା । ଏହି ଚୁକ୍ତି ଅନୁଯାୟୀ ପ୍ରତି ର୍‍ୟାକ୍‌ରେ ପରିବହନ ହେଉଥିବା ଖଣିଜର ୮ ଟଙ୍କା ପ୍ରତି ମେଟ୍ରିକ ଟନ୍ ହିସାବରେ କମ୍ପାନୀ ସରପ□ ଙ୍କ ମାଧ୍ୟମରେ ଦେବାର ଚୁକ୍ତି କରିଥିଲା । ଗତ ପ୍ରାୟ କିଛି ମାସ ପୂର୍ବେ ସ୍ଥାନୀୟ ସରପ□ ମିତା ମୁଣ୍ଡା କମ୍ପାନୀ ଠାରୁ ପ୍ରାୟ ୪୦ ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ଉଠାଇ ନେଇ ସ୍ଥାନୀୟ କିଛି ଗ୍ରାମବାସୀଙ୍କୁ ମାତ୍ର ୧ ହଜାର ଟଙ୍କା ଲେଖାଏଁ ଦେଇ ଏକ ନିର୍ଦ୍ଦିଷ୍ଟ ଦଳର ସମର୍ଥକଙ୍କୁ ୮ ହଜାର ଟଙ୍କା ଲେଖାଏଁ ବନ୍‌ଟନ କରିଥିବାରୁ ଏହାକୁ କେନ୍ଦ୍ରକରି ସ୍ଥାନୀୟ ଅଂଚଳରେ ଉତେଜନା ପ୍ରକାଶ ପାଇ ଟଙ୍କା ପାଇନଥିବା ଗ୍ରାମବାସୀ ମାନେ ସରପ□ ଙ୍କୁ ପନ୍‌ଚାୟତ କାର୍ଯ୍ୟାଳୟରେ ଘେରି ମିଳିଥିବା ଟଙ୍କାର ହିସାବ କିତାବ ମାଗିଥିଲେ । ମାତ୍ର ସରପ□ ସେମାନଙ୍କୁ କୌଣସି ହିସାବ କିତାବ ନଦେଇ ଗ୍ରାମବାସୀଙ୍କ ସ୍ୱରକୁ ଚପାଇ ଦେଇଥିଲେ । ଉକ୍ତ ଘଟଣା ପରେ ରେଳ ସାଇଡିଂରେ ପ୍ରାୟ ୬ ମାସ ହେବ ରେଳ ର୍‍ୟାକ୍ ପରିବହନ ହୋଇଛି । ଏହି ପରିବହନ ହୋଇଥିବା ର୍‍ୟାକ ର ଲୋଡିଂ ଅର୍ଥକୁ ସ୍ଥାନୀୟ ସରପ□ କମ୍ପାନୀ ଠାରୁ ନେଇ ନିଜ ପାଖରେ ରଖି ଦୁର୍ଗାପୂଜାରେ ଲୋକଙ୍କୁ ବା□ନଥିବା ସ୍ଥାନୀୟ ଆଇଟିସି ଗ୍ରାମର ଲାଦୁ ମୁଣ୍ଡା, ଅଭିଯୋଗ କରିଛନ୍ତି । ଜୁରୁଡି ଅଂଚଳର ବିଶିଷ୍ଟ ଶ୍ରମିକ ନେତା ତଥା ସଂଗଠକ ମହେନ୍ଦ୍ର କୁମାର ମହାନ୍ତି, ଓ ତାଙ୍କର ସମର୍ଥକ ମହେଶ୍ୱର ପାତ୍ର, ପ୍ରଭୁରଂଜନ ଶତପଥୀ ପ୍ରମୁଖ ଅଭିଯୋଗ କରିଛନ୍ତି ଯେ, ଆପାହାତୁ ରେଳ ଲୋଡିଂ ଅର୍ଥକୁ ପ୍ରଭାବିତ ସ୍ଥାନୀୟ ଗ୍ରାମବାସୀଙ୍କୁ ଦେବା ପରିବର୍ତେ ଏହାକୁ ଆତ୍ମସାତ କରିବା ଉଦ୍ଦେଶ୍ୟରେ କାହାକୁ ଜଣାଇ ନାହାନ୍ତି । ଏ ସମ୍ପର୍କରେ ଶ୍ରମିକ ନେତା ଜଳହର ସରପ□ ମିତା ମୁଣ୍ଡାଙ୍କୁ ପଚାରିବାରୁ ସରପ□ କମ୍ପାନୀ ଠାରୁ ଉଠାଇଥିବା ଟଙ୍କା ସମ୍ପର୍କରେ ତଥ୍ୟ ନଦେଇ ଲୁଚାଉଥିବା ଅଭିଯୋଗ କରିଛନ୍ତି । ଆପାହାତୁ ରେଳ ସାଇଡିଂ ରେ ରେଳ ଲୋଡିଂ ଆରମ୍ଭ ହେବାଠାରୁ ଆଜି ପର୍ଯ୍ୟନ୍ତ ହୋଇଥିବା କାର୍ଯ୍ୟର ହିସାବ କିତାବ ରଖିବାକୁ ଅନୁରୋଧ କରିଥିଲେ ହେଁ ସରପ□ ଏହାକୁ ଅଣଦେଖା କରୁଥିବା କହିଛନ୍ତି । ସ୍ଥାନୀୟ ସରପ□ ମିତା ମୁଣ୍ଡା, ପୂର୍ବତନ ସରପ□ ରାଧାକାନ୍ତ ନାଏକ ଓ ଏକ ନିର୍ଦ୍ଦିଷ୍ଟ ଦଳର କିଛି ସମର୍ଥକଙ୍କ ସହ ମିଶି ଏହି ଅର୍ଥ ହରିଲୁଟ୍ ଉଦ୍ୟମ କରାଯାଉଥିବା ସେ ଅଭିଯୋଗ କରିଛନ୍ତି । ଏ ସମ୍ପର୍କରେ ଜଳହରି ସରପ□ ମିତା ମୁଣ୍ଡା କୌଣସି ଉତର ଦେଇନଥିଲେ ହେଲେ ପୂର୍ବତନ ଜଳହରି ସରପ□ ଇଂ ରାଧାକାନ୍ତ ନାଏକ ପ୍ରତିକ୍ରିୟା ଦେଇ କହିଥିଲେ ଯେ, ଏ ବାବଦରେ ସେ ଅନଭିଜ୍ଞ ତାଙ୍କ ନାମରେ ମିଥ୍ୟା ଅପପ୍ରଚାର କରାଯାଉଛି ।

# ରେନଲ୍ଟ ଭାରତରେ ୪୧୫ରୁ ଅଧିକ ସେଲ୍‌ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ନିଜର ନେଟ୍‌ୱର୍କ ଉପସ୍ଥିତି ବିସ୍ତାର କରିଛି

ନୂଆଦିଲ୍ଲୀ,(ପିଏନ): ରେନଲ୍ଟ ଇଣ୍ଡିଆ ପକ୍ଷରୁ ଗତ ଦୁଇ ମାସ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ୩୪ଟି ନୂତନ ସେଲ୍‌ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ସାମିଲ କରାଯାଇଥିବା ସମ୍ପର୍କରେ ଘୋଷଣା କରାଯାଇଛି । ଏହା ମୋଟ ୯୦ରୁ ଅଧିକ ସେଲ୍‌ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ଚିହ୍ନିତ କରୁଛି ଯାହାକୁ ରେନଲ୍ଟ ଗତ ଏକ ବର୍ଷରୁ କମ୍ ସମୟ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ସାମିଲ କରିଛି । ବର୍ତମାନର ବିକଶିତ ବଜାରଗୁଡିକରେ ବ୍ରାଣ୍ଡର ଅଭିବୃଦ୍ଧି ପାଇଁ ଏହି ବ୍ୟାପକ ନେଟ୍‌ୱର୍କ ସମ୍ପ୍ରସାରଣ ହେଉଛି ଏକ ରଣନୈତିକ ବ୍ୟବସାୟିକ ଧ୍ୟାନର ଅଂଶବିଶେଷ । ଏହି ନୂତନ ଡିଲରସିପ୍ ଫ୍ୟାସିଲିଟିଗୁଡିକ ମଧ୍ୟପ୍ରଦେଶ, ତାମିଲନାଡୁ, ଉତରପ୍ରଦେଶ, କର୍ଣ୍ଣାଟକ, ଗୁଜରାଟ, ହରିଆନା, ପଞ୍ଜାବ, ତେଲେଙ୍ଗାନା, ଉତରାଖଣ୍ଡ, ରାଜସ୍ଥାନ, ମହାରାଷ୍ଟ୍ର, ହିମାଚଳ ପ୍ରଦେଶ ଓ ପଶ୍ଚିମ ବଙ୍ଗରେ ଅବସ୍ଥିତ । ଏହି ସମ୍ପ୍ରସାରଣ ସହିତ ରେନଲ୍ଟ ଇଣ୍ଡିଆ ଏହାର ନେଟ୍‌ୱର୍କ ଉପସ୍ଥିତିକୁ ୪୧୫ରୁ ଅଧିକ ସେଲ୍‌ସ ଓ ୪୭୫ରୁ ଅଧିକ ସର୍ଭିସ୍ ଟଚ୍‌ପଏଂଟ୍‌କୁ ବୃଦ୍ଧି କରିଛି, ଯେଉଁଥିରେ ଉଲ୍ଲେଖନୀୟ ବିକ୍ରି ଓ ସେବା ଗୁଣମାନ ସହିତ ଦେଶର ବିଭିନ୍ନ ସ୍ଥାନରେ ୨୦୦ରୁ ଅଧିକ ୱର୍କସପ୍ ଅନ୍ ହ୍ୱିଲ୍‌ସ ସାମିଲ ରହିଛି । ଏସମ୍ପର୍କରେ ରେନଲ୍ଟ ଇଣ୍ଡିଆର ସେଲ୍‌ସ୍ ଆଣ୍ଡ ନେଟ୍‌ୱର୍କ ବିଭାଗର ସୁଧୀର ମଲହୋତ୍ରା କହିଛନ୍ତି ରେନଲ୍ଟ ଇଣ୍ଡିଆର ନେଟ୍‌ୱର୍କ ଉପସ୍ଥିତି ରଣନୈତିକ ଭାବେ ସମ୍ପ୍ରସାରିତ ହେଉଛି ଯାହାକି ହେଉଛି ଆମେ ଉଭୟ ଗ୍ରାହକ ଓ ଡିଲର ପାର୍ଟନରଙ୍କଠାରୁ ଗ୍ରହଣ କରୁଥିବା ଉତ୍ସାହଜନକ ପ୍ରତିକ୍ରିୟାର ସାକ୍ଷ୍ୟ ଅଟେ । ବର୍ତମାନ ସମରେ ଆମେ ନୂଆ ଡିଲରଙ୍କୁ ଆକର୍ଷିତ କରିବା ସହିତ ବିଦ୍ୟମାନ ପୁରୁଣା ପାର୍ଟନରଙ୍କଠାରୁ ଅଧିକ ନିବେଶ ଓ ସମ୍ପ୍ରସାରଣ ଅନୁରୋଧ ମଧ୍ୟ ହାସଲ କରୁଛୁ । ଏକ ବର୍ଦ୍ଧିତ ନେଟ୍‌ୱର୍କ ଉପସ୍ଥିତି ଆମ ପାଇଁ ଏହାକୁ ସମ୍ଭବ କରିଛି ଯାହାଫଳରେ ଆମେ ଦେଶବ୍ୟାପୀ ଅଧିକ ଗ୍ରାହକଙ୍କ ଆବଶ୍ୟକତାକୁ ପୂରଣ କରିପାରୁଛୁ ଏବଂ ଆମର ନିରନ୍ତର ବିକ୍ରି ସଂଖ୍ୟାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିପାରୁଛୁ । ରେନଲ୍ଟ ଇଣ୍ଡିଆ ବିଭିନ୍ନ ଶୃଙ୍ଖଳାରେ ଆକର୍ଷଣୀୟ ଅଫର୍ ଘୋଷଣା କରିବା ସହିତ ସରକାରୀ ପବ୍ଲିକ୍ ସେକ୍ଟର କର୍ମଚାରୀ, କେନ୍ଦ୍ର ଓ ରାଜ୍ୟ ସରକାରଙ୍କ କର୍ମଚାରୀଙ୍କ ସମେତ ଡାକ୍ତର ଓ ଶିକ୍ଷକମାନଙ୍କ ପାଇଁ ସ୍ୱତନ୍ତ୍ର ଅଫର୍‌ମାନ ଘୋଷଣା କରିଛି । ଏହି ଅଫର୍‌ଗୁଡିକ ମଧ୍ୟରେ ୨୨,୦୦୦ ଟଙ୍କାର ଅତିରିକ୍ତ ସ୍ୱତନ୍ତ୍ର ଅଫର୍ ସାମିଲ ରହିଛି ଯାହାକୁ ପୂର୍ବରୁ ଡଷ୍ଟର ଉପରେ ୭୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ, କ୍ୱିଡ୍ ଉପରେ ୪୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ଓ ଟ୍ରାଇବର ଉପରେ ୩୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ସହିତ ଆରମ୍ଭ କରାଯାଇଥିବା ଆକର୍ଷଣୀୟ ପାର୍ବଣ ଅଫର୍ ସହିତ ସାମିଲ କରାଯାଇଛି । ରେନଲ୍ଟ ଇଣ୍ଡିଆ ଡିଫେନ୍ସ (ସିଏସ୍‌ଡି) ଓ ପୋଲିସ୍ (ସିପିସି) ସର୍ଭିସ୍‌ମେନ୍‌ଙ୍କ ପାଇଁ ଦେଶବ୍ୟାପୀ ଉପଲବ୍ଧ କ୍ୟାନ୍‌ଟିନ୍ ଷ୍ଟୋର୍‌ଗୁଡିକ ମାଧ୍ୟମରେ ଏକ ବ୍ୟାପକ ଶୃଙ୍ଖଳାର ଉତ୍ପାଦ ପ୍ରଦାନ କରୁଛି । ରେନଲ୍ଟ ପକ୍ଷରୁ କ୍ରୟକୁ ଅଧିକ ସହଜ କରିବା ପାଇଁ ଆକର୍ଷଣୀୟ ଋଣ ଅଫର୍ ମଧ୍ୟ ଘୋଷଣା କରାଯାଇଛି । ଏଥିରେ କ୍ୱିଡ୍ ଓ ଟ୍ରାଇବର୍ ଉପରେ ୩.୯୯%ର ଏକ ସ୍ୱତନ୍ତ୍ର ସୁଧ ହାର ସାମିଲ ରହିଛି । ନୂତନ ଭାବେ ଲଂଚ୍ ହୋଇଥିବା ଡଷ୍ଟର ୧.୩ ଲିଟର ଟର୍ବୋ ଉପରେ ରେନଲ୍ଟ ୨୦,୦୦୦ ଟଙ୍କାର ଲୟାଲ୍‌ଟି ଲାଭ ଓ ୩ ବର୍ଷ କିମ୍ବା ୫୦,୦୦୦ କିମିର ଏକ ସହଜ କେୟାର ପ୍ୟାକେଜ୍ ଘୋଷଣା କରିଛି । ଉତ୍ପାଦ କ୍ଷେତ୍ରରେ ରେନଲ୍ଟ ଇଣ୍ଡିଆ ନିକଟରେ ୨୦୨୦ କ୍ୱିଡ୍ ନିଓଟେକ୍ ଏଡିସନ୍ ଶୁଭାରମ୍ଭ କରିଛି । ଏହି ଲିମିଟେଡ୍ ଏଡିସନରେ ଫାର୍ଷ୍ଟ-ଇନ୍- ସେଗ୍‌ମେଂଟ୍ ଷ୍ଟାଇଲିସ୍ ଓ ଫ୍ରେସ୍ ଡୁଆଲ ଟୋନ୍ ଏକ୍ସଟେରିୟର ଫିଚର ରହିଛି । ଉପଭୋକ୍ତାମାନେ ଦୁଇଟି କଲର୍ କମ୍ବିନେଶନ- ଜାନ୍‌ସ୍କାର ବ୍ଲୁ ବଡି ସହିତ ସିଲ୍‌ଭର ରୁଫ୍ ଏବଂ ସିଲ୍‌ଭର ବଡି ସହିତ ଜାନ୍‌ସ୍କାର ବ୍ଲୁ ରୁଫ୍ ମଧ୍ୟରୁ ଚୟନ କରିପାରିବେ । ୩୦,୦୦୦ ଟଙ୍କାର ଏକ ଇନ୍‌କ୍ରିମେଂଟାଲ ବୃଦ୍ଧି ସହିତ କ୍ୱିଡ୍ ନିଓଟେକ୍ ଏକ ଉନ୍ନତ ଭାଲ୍ୟୁ ପ୍ୟାକେଜ୍ ପ୍ରଦାନ କରୁଛି ଏବଂ ଏକାଧିକ ଉନ୍ନତ ଫିଚର ସହିତ ଗ୍ରାହକଙ୍କ ଲାଭକୁ ସର୍ବାଧିକ କରୁଛି ।

# ମାଟ୍ରିକ ପରୀକ୍ଷାର ପ୍ରଥମ ଦିନରେ ଜିଲ୍ଲାର ୧୮ହଜାର ୯୭୭ଜଣ ପରୀକ୍ଷାର୍ଥୀ ୧୦୩ଟି କେନ୍ଦ୍ରରେ ସାହିତ୍ୟ ପରୀକ୍ଷା ଦେଲେ



କେନ୍ଦ୍ରାପଡ଼ା,୨୦।୨ : ଆଜି ଠାରୁ ମାଟ୍ରିକ ପରିକ୍ଷା ଆରମ୍ଭ ହୋଇଛି । ଏହି ପରୀକ୍ଷାର ପ୍ରଥମ ଦିନରେ ସାହିତ୍ୟ ବିଷୟରେ ଜିଲ୍ଲାର ୧୦୩ଟି ପରୀକ୍ଷା କେନ୍ଦ୍ରରେ ୧୮,୯୭୭ ଜଣ ଛାତ୍ରଛାତ୍ରୀ ମାଟ୍ରିକ ପରୀକ୍ଷା ଦେଇଛନ୍ତି । ଏଥିସହିତ ୨ଟି କେନ୍ଦ୍ରରେ ମୁକ୍ତ ବିଦ୍ୟାଳୟର ୨୨୯ ଜଣ ପରୀକ୍ଷାର୍ଥୀ ପରୀକ୍ଷା ଦେଇଥିବା ବେଳେ ୨୪୮ ଜଣ ମଧ୍ୟମା ପରୀକ୍ଷାର୍ଥୀ ୧୫ଟି ମାଟ୍ରିକ ପରୀକ୍ଷା କେନ୍ଦ୍ରରେ ପରୀକ୍ଷା ଦେଇଛନ୍ତି । ମାଟ୍ରିକ ପରୀକ୍ଷା ପାଇଁ ଜିଲ୍ଲାର ୧୯, ୩୩୪ଜଣ ଛାତ୍ରଛାତ୍ରୀ ଫର୍ମଫିଲପ କରିଥିବା ବେଳେ ସେଥି ମଧ୍ୟରୁ ୧୮,୯୭୭ ଜଣ ପରୀକ୍ଷା ଦେଇଥିବା ବେଳେ ୩୫୭ଜଣ ଅନୁପସ୍ଥିତ ଥିବା ସୂଚନା ମିଳିଛି । ମଧ୍ୟମା ପରୀକ୍ଷା ପାଇଁ ୩୧୦ଜଣ ଫର୍ମଫିଲପ କରିଥିବା ବେଳେ ସେଥିମଧ୍ୟରୁ ୨୪୮ଜଣ ପରୀକ୍ଷା ଦେଇଥିବା ବେଳେ ୬୨ଜଣ ଅନୁପସ୍ଥିତ ରହିଛନ୍ତି । ସେହିପରି ମୁକ୍ତ ବିଦ୍ୟାଳୟ ପରୀକ୍ଷା ପାଇଁ ୨୮୫ଜଣ ଫର୍ମଫିଲପ କରିଥିବା ବେଳେ ସେଥିମଧ୍ୟରୁ ୨୨୯ଜଣ ପରୀକ୍ଷା ଦେଇଥିବା ବେଳେ ୫୬ଜଣ ଅନୁପସ୍ଥିତ ରହିଥିବା ଜଣାପଡିଛି । ଉପରୋକ୍ତ ତିନୋଟି ପରୀକ୍ଷାରେ ମୋଟ ୪୭୫ଜଣ ଅନୁପସ୍ଥିତ ରହିଛନ୍ତି । ୧୦୩ ଟି କେନ୍ଦ୍ରରେ ମାଟ୍ରିକ ପରୀକ୍ଷା ପରିଚାଳନା ପାଇଁ ୮୦୫ଜଣ ଇନଭିଜିଲେଟର, ୪୦୨ଜଣ ରୋଭର ଓ ୨୦୧ଜଣ ରିଲିଭର ନିଯୁକ୍ତ ହୋଇଥିବା ବେଳେ ମଧ୍ୟମା ପରୀକ୍ଷା ପାଇଁ ୧୨ଜଣ ଇନଭିଜିଲେଟର, ୬ଜଣ ରୋଭର ଓ ୩ଜଣ ରିଲିଭର ଏବଂ ମୁକ୍ତ ବିଦ୍ୟାଳୟ ପରୀକ୍ଷା ପାଇଁ ୧୧ଜଣ ଇନଭିଜିଲେଟର, ୫ଜଣ ରୋଭର ଓ ୨ଜଣ ରିଲିଭରଙ୍କୁ ନିଯୁକ୍ତ କରାଯାଇଛି । ଏଥିସହିତ ୧୦୫ଜଣ ଅଧିକ୍ଷକ ଓ ୧୦୫ଜଣ ଉପଅଧିକ୍ଷକଙ୍କୁ ନିଯୁକ୍ତି ପ୍ରଦାନ କରାଯାଇଛି । ଏହାବ୍ୟତିତ ୨୫୦ଜଣରୁ ଅଧିକ ପରୀକ୍ଷାର୍ଥୀ ଥିବା ପରିକ୍ଷା କେନ୍ଦ୍ରରେ ୨ଜଣ ଉପଅଧିକ୍ଷକଙ୍କୁ ନିଯୁକ୍ତି ପ୍ରଦାନ କରାଯାଇଛି । କପି ରୋକିବା ନିମନ୍ତେ କଟକ ବୋର୍ଡରୁ ଗୋଟିଏ ସ୍କ୍ୱାର୍ଡ ଏବଂ ଜିଲ୍ଲା ଶିକ୍ଷା ଅଧିକାରୀ ସୁରମା ମହାପାତ୍ରଙ୍କ ନେତୃତ୍ୱରେ ଗୋଟିଏ ଏବଂ ବରିଷ୍ଠ ମଣ୍ଡଳ ଶିକ୍ଷା ଅଧିକାରୀ ତନ୍ମୟ ବେହେରାଙ୍କ ନେତୃତ୍ୱରେ ଅନ୍ୟ ଗୋଟିଏ ଜିଲ୍ଲା ସ୍ତରୀୟ ସ୍କ୍ୱାର୍ଡ ଜିଲ୍ଲାର ବିଭିନ୍ନ କେନ୍ଦ୍ର ପରିଦର୍ଶନ କରିଥିବା ଜଣାଯାଇଛି । ଜିଲ୍ଲାର ମୋଟ ୧୦୫ଟି ପରୀକ୍ଷା କେନ୍ଦ୍ର ମଧ୍ୟରୁ ୬ଟିରେ ଆର୍ଟିଫିସିଆଲ ଇ□ଲିଜେନ୍ସ ବ୍ୟବସ୍ଥାରେ, ୧୬ଟିରେ ଲାଇଭ୍ ସ୍କ୍ରିନିଂ ବ୍ୟବସ୍ଥାରେ ଏବଂ ଅନ୍ୟ ୮୩ଟି କେନ୍ଦ୍ରରେ ସିସିଟିଭି ବ୍ୟବସ୍ଥାରେ ପରୀକ୍ଷା ପରିଚାଳନା ଉପରେ ତୀକ୍ଷ୍ଣନଜର ରଖାଯାଇଛି ବୋଲି ପରୀକ୍ଷା ଦାୟୀତ୍ୱରେ ଥିବା ଜିଲ୍ଲା ବିଜ୍ଞାନ ପରିଦର୍ଶକ ନିଶିଥ କୁମାର ବାରିକ ସୂଚନା ଦେଇଛନ୍ତି ।

# ଡ଼ଃ ପ୍ରତାପ ପାଣି ଆଗାମୀ ନିର୍ବାଚନରେ ପ୍ରତିଦ୍ୱନ୍ଦ୍ୱିତା କରିବାର ସମ୍ଭାବନା ଉଜ୍ଜ୍ୱଳ



ଭୁବନେଶ୍ୱର,(ପି.ଏନ): ଆନ୍ତର୍ଜାତୀକ ଖ୍ୟାତିସଂମ୍ପନ୍ନ ସ୍ନାୟୁରୋଗ ବିଶେଷଜ୍ଞ ଡ଼ଃ ପ୍ରତାପ ପାଣି ଆଗାମୀ ନିର୍ବାଚନରେ ପ୍ରତିଦ୍ୱନ୍ଦିତା କରିବାର ସମ୍ଭାବନା ଉଜ୍ଜ୍ୱଳ ବୋଲି ଏଠାକାର ରାଜନୈତିକ ପର୍ଯ୍ୟବେକ୍ଷକ ମାନେ ମତପ୍ରକାଶ କରୁଛନ୍ତି । ଡ଼ଃ ପାଣି ଶାସକ ବିଜୁ ଜନତା ଦଳର ଟିକେଟ ରେ ପାଲଲହଡ଼ା ଆସନରୁ ରାଜ୍ୟ ବିଧାନସଭା ପାଇଁ ନିର୍ବାଚନ ଲଢ଼ିବେ ବୋଲି ଜଣାଯାଇଛି । ଅନୁଗୁଳ ଜିଲ୍ଲାର ବିଜିଗୋଲ ଗ୍ରାମ ନିବାସୀ ଡ଼ଃ ପାଣି, ୧୯୯୬ ମସିହାରୁ ଦୀର୍ଘ ୨୮ବର୍ଷ କାଳ ବେଙ୍ଗାଲୁରୁଠାରେ ରହଣି କାଳରେ ଜଣେ ନିୟୁରୋସର୍ଜନ ଭାବରେ ଦେଶ ବିଦେଶରେ ଖୁବ ସୁନାମ ଅର୍ଜନ କରିଛନ୍ତି । ନିକଟରେ ବିଜେଡି ର ମୁଖ୍ୟାଳୟ ଶଙ୍ଖ ଭବନ ଠାରେ ଆୟୋଜିତ ଏକ ମିଶ୍ରଣ ପର୍ବରେ ଡ଼ଃ ପାଣି ଆନୁଷ୍ଠାନିକ ଭାବେ ଦଳରେ ଯୋଗ ଦେଇଥିଲେ ।ଲୋକଙ୍କ ଡାକ୍ତର ଭାବରେ ସୁପରିଚିତ ଡ଼ଃ ପାଣି ତାଙ୍କର ରାଜନୈତିକ ଜୀବନର ପ୍ରଥମ ନିର୍ବାଚନରେ ଜିତାପଟ ହାସଲ କରିବେ ବୋଲି ତାଙ୍କର ସମର୍ଥକ ମାନେ ଦମ୍ଭ ପ୍ରକାଶ କରୁଛନ୍ତି । ଅନୁଗୁଳ ଓ ଢେଙ୍କାନାଳ ଜିଲ୍ଲାର ନିୟମିତ ଭାବେ ମାଗଣା ସ୍ୱାସ୍ଥ୍ୟ ଶିବିରମାନ ଆୟୋଜନ କରି ଡ଼ଃ ପାଣି ସ୍ଥାନୀୟ ବାସିନ୍ଦାଙ୍କ ମଧ୍ୟରେ ଖୁବ ଲୋକପ୍ରିୟତା ହାସଲ କରିଛନ୍ତି । ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡ଼ିକାଲ କଲେଜ ର ଛାତ୍ରସଙ୍ଘ ର ପୂର୍ବତନ ସଭାପତି, ବେଙ୍ଗାଲୁରୁ ଓଡ଼ିଆ ସମାଜ ର ପ୍ରତିଷ୍ଠାତା ସଦସ୍ୟ, ୱାଲର୍ଡ ଓଡ଼ିଶା ସୋସାଇଟି ର ସୁସ୍ଥତା ସାଧାରଣ ସମ୍ପାଦକ ଏବଂ ବେଙ୍ଗାଲୁରୁ ସ୍ଥିତ ଜଗନ୍ନାଥ ମନ୍ଦିରର ଟ୍ରଷ୍ଟି ଭାବରେ ଡ଼ଃ ପାଣି ଦୀର୍ଘ ଦିନ ଧରି ସମାଜ ସେବା କ୍ଷେତ୍ରରେ ବେଶ ସକ୍ରୀୟ ରହି ଆସିଛନ୍ତି । ବିଜେଡି ରେ ଯୋଗ ଦେବା ପରେ ଡ଼ଃ ପାଣିଙ୍କୁ କଣିହାଁ, ପାଲଲହଡ଼ା, ଅନୁଗୁଳ, ପରଜଙ୍ଗ, ଢେଙ୍କାନାଳ, ହିନ୍ଦୋଳ ଏବଂ କାମାକ୍ଷାନଗର ଆଦି ସ୍ଥାନରେ ଜନସାଧାରଣ ଙ୍କ ତରଫରୁ ଉଚ୍ଛ୍ୱସିତ ସ୍ୱାଗତ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଥିଲା । ଅନୁଗୁଳ ଓ ଢେଙ୍କାନାଳ ଜିଲ୍ଲାର ବହୁ ବିଧାନସଭା ନିର୍ବାଚନ ମଣ୍ଡଳୀ ରେ ବର୍ତ୍ତମାନର ବିଧାୟକ ମାନଙ୍କ ବିରୁଦ୍ଧରେ ବ୍ୟାପକ ଭାବେ 'ଆଣ୍ଟି ଇନକନବେଂସି ଫ୍ୟାକ୍ଟର' କାମ କରୁଥିବାରୁ ଜଣେ ନୂଆ ଚେହେରା ଏବଂ ମର୍ଯ୍ୟାଦା ସମ୍ପନ୍ନ ବ୍ୟକ୍ତିତ୍ୱ ହୋଇଥିବା ଦୃଷ୍ଟି ରୁ ଡ଼ଃ ପାଣି ଙ୍କ ପକ୍ଷରେ ନିର୍ବାଚନ ବୈତରଣୀ ପାର କରିବା ସହଜସାଧ୍ୟ ହେବ ବୋଲି ଆକଳନ କରାଯାଉଛି । ଡ଼ଃ ପାଣି ଙ୍କର ପିତା କଣିହାଁ ଅଞ୍ଚଳର ପ୍ରସିଦ୍ଧ ଜନନେତା ସ୍ୱର୍ଗତଃ ମଧୁସୂଦନ ପାଣି, ପ୍ରବାଦ ପୁରୁଷ ବିଜୁ ପଟ୍ଟନାୟକଙ୍କର ଖୁବ ଘନିଷ୍ଠ ଥିଲେ ।ବିଜେଡି ର ପ୍ରମୁଖ ରଣକୌଶଳକାରୀ ଏବଂ ସଂଗଠନ ସାଧାରଣ ସମ୍ପାଦକ ପ୍ରଣବ ପ୍ରକାଶ ଦାସ ଅନୁଗୁଳ ଓ ଢେଙ୍କାନାଳ ଜିଲ୍ଲା ଦ୍ୱୟ ପାଇଁ ଦଳର ପ୍ରଭାରୀ ନିଯୁକ୍ତ ହୋଇଥିବାରୁ, ସେ ଟିକେଟ ବଣ୍ଟନ ବେଳେ ଜିତିବାର ସକ୍ଷମତାକୁ ମୁଖ୍ୟ ଆଧାର ଭାବରେ ଗ୍ରହଣ କରିବେ ବୋଲି ଧରା ଯାଉଛି ।ଏବେ ଦଳ ତରଫରୁ କରାଯାଉଥିବା ସର୍ଭେରେ ବିଭିନ୍ନ ଆଶାୟୀ ପାର୍ଥିମାନଙ୍କ ର ଜିତି ବାର ସାମର୍ଥ୍ୟ ଓ ସମ୍ଭାବନା ଉପରେ ଭୋଟଦାତା ମାନଙ୍କର ମତାମତ ସଂଗ୍ରହ କରାଯାଉଛି । ଦଳୀୟ ସୂତ୍ରର ପ୍ରାରମ୍ଭିକ ସୂଚନା ରୁ ଜଣାଯାଇଛି ଯେ, ବବି ବାବୁଙ୍କର ଡ଼ଃ ପାଣି ଙ୍କ ପାର୍ଥିତ୍ୱ ପ୍ରତି ସମବେଦନା ରହିଛି । ନିର୍ବାଚନବିତ ମାନଙ୍କର ଭବିଷ୍ୟବାଣୀ ଅନୁଯାୟୀ ଡ଼ଃ ପାଣି ପାଲଲହଡ଼ାରୁ ବିଜେଡି ର ପାର୍ଥି ହେଲେ ତାଙ୍କର ବିଜୟ ଏକ ପ୍ରକାର ସୁନିଶ୍ଚିତ ମନେ ହେଉଛି । ଜଣେ ରାଜନୀତିଜ୍ଞ ଭାବରେ ଅନୁଗୁଳ ଓ ଢେଙ୍କାନାଳ ଜିଲ୍ଲାର ଉନ୍ନୟନ ଦିଗରେ ତାଙ୍କର ପ୍ରାଥମିକତା ରହିବ ବୋଲି ଡ଼ଃ ପାଣି ଦର୍ଶାଇଛନ୍ତି ।ରାଜ୍ୟର ସବୁଠାରୁ ଅଧିକ ରାଜସ୍ୱ ଆୟକାରୀ ଜିଲ୍ଲା ହୋଇଥିଲେ ମଧ୍ୟ ଅନୁଗୁଳ ଠାରେ ଏକ ମେଡ଼ିକାଲ କଲେଜ ନଥିବା ଦୁର୍ଭାଗ୍ୟଜନକ ବୋଲି ସେ କହିଛନ୍ତି । ଅନୁଗୁଳ ଜିଲ୍ଲାର ବାୟୁ ପ୍ରଦୂଷଣ ଦିଲ୍ଲୀ ଠାରୁ ମଧ୍ୟ ଅଧିକ ବିପଜ୍ଜନକ ଡ଼ଃ ପାଣି ସୁଚାଇଛନ୍ତି । ଦାୟିତ୍ୱହୀନ ଶିଳ୍ପକରଣ ଏବଂ ଆଖିବୁଜା ଖଣିଖନନ ଏହି ଇଲାକାର ପରିବେଶ, ଜନବସତି ଓ ସ୍ୱାସ୍ଥ୍ୟ ଅବସ୍ଥା କ୍ଷେତ୍ରରେ ଗୁରୁତର ସଙ୍କଟ ସୃଷ୍ଟି କରିଥିବା ସେ କହିଛନ୍ତି । ପାଲଲହଡ଼ା ରେ ଆବଶ୍ୟକୀୟ ଜମି, ଜଳ ଏବଂ ୫୫ ନମ୍ବର ଜାତୀୟ ରାଜପଥ ଯୋଗୁଁ ଯୋଗାଯୋଗ ର ସୁବିଧା ଉପଲବ୍ଧ ଥିବା ସତ୍ତ୍ୱେ ଏଠାରେ ସ୍ୱାଧୀନତା ର ୭୫ ବର୍ଷ ବିତିଯାଇଥିଲେ ସୁଦ୍ଧା ଗୋଟିଏ ବି କାରଖାନା ପ୍ରତିଷ୍ଠା ହୋଇ ପାରିନଥିବା ନେଇ ଡ଼ଃ ପାଣି ଗଭୀର କ୍ଷୋଭ ପ୍ରକାଶ କରିଛନ୍ତି ।ଏଠାରେ କ୍ଷୁଦ୍ର ଓ ମଧ୍ୟମ ଧରଣର ଜଳସେଚନ ପ୍ରକଳ୍ପ ନଥିବାରୁ କୃଷି ଉତ୍ପାଦନର ମାତ୍ରାବି ଖୁବ ନିମ୍ନ ରେ ରହିଥିବା, ସେ ସୁଚାଇଛନ୍ତି । ଲୋକ ପ୍ରତିନିଧି ଭାବରେ ଏହି ସବୁ ସମସ୍ୟା ଗୁଡିକୁ ସମାଧାନ କରିବା ଦିଗରେ ସେ ଅଗ୍ରାଧିକାର ଦେବେ ବୋଲି ଡ଼ଃ ପାଣି ଘୋଷଣା କରିଛନ୍ତି ।ସେ 'ମାନବ ସେବା ହିଁ ମାଧବ ସେବା' ଉକ୍ତି ର ଦୃଢ଼ ବିଶ୍ୱାସୀ ହୋଇଥିବାରୁ ରାଜନୀତି ରେ ଯୋଗ ଦେଲେ ମଧ୍ୟ ତାଙ୍କର ସ୍ୱାସ୍ଥ୍ୟ ସେବା କାର୍ଯ୍ୟ ପୂର୍ବପରି ଜାରୀ ରହିବ ବୋଲି ଡ଼ଃ ପାଣି ସ୍ୱଷ୍ଟ କରିଦେଇଛନ୍ତି । ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା କୁ ସାରା ଦେଶରେ ସର୍ବୋତ୍କୃଷ୍ଟ ସ୍ୱାସ୍ଥ୍ୟ ସେବା ବ୍ୟବସ୍ଥା ବୋଲି ଅବହିତ କରି ଏହାରି ମାଧ୍ୟମରେ ନିଜର ମାତୃପ୍ରଦେଶ ଓଡ଼ିଶାର ଅଧିବାସୀମାନଙ୍କୁ କିଭଳି ବିଶ୍ୱସ୍ତରୀୟ ସ୍ୱାସ୍ଥ୍ୟ ସୁବିଧା ଉପଲବ୍ଧ କରାଯାଇ ପାରିବ ସେ ଦିଗରେ ଜନପ୍ରତିନିଧି ଭାବରେ ଡ଼ଃ ପାଣି ସତତ ଧ୍ୟାନ ଦେବେ ବୋଲି ଉଲ୍ଲେଖ କରିଛନ୍ତି । ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଓ ପାଞ୍ଚ ଟି ର ଅଧ୍ୟକ୍ଷ ଭି.କେ.ପାଣ୍ଡିଆନଙ୍କର ତତ୍ୱାବଧାନରେ ନିଜର ଶିକ୍ଷାନୁଷ୍ଠାନ ଏସ.ସି.ବି. ମେଡ଼ିକାଲ କଲେଜର ବହୁବିଧ ରୂପାନ୍ତରିକରଣ ନେଇ ଡ଼ଃ ପାଣି ଗଭୀର ସନ୍ତୋଷ ପ୍ରକାଶ କରିଛନ୍ତି ।







## କେନ୍ଦ୍ରାପଡା ନବୋଦୟ ବିଦ୍ୟାଳୟ ପୁରାତନ ଛାତ୍ର ସଂସଦର ବାର୍ଷିକ ଉତ୍ସବ

କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା ଜବାହର ନବୋଦୟ ବିଦ୍ୟାଳୟ ପୁରାତନ ଛାତ୍ର ସଂସଦର ବାର୍ଷିକ ଉତ୍ସବ ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଏହି ଉପଲକ୍ଷେ କେନ୍ଦ୍ରାପଡା ନବୋଦୟ ବିଦ୍ୟାଳୟ ପୁରାତନ ଛାତ୍ର ସଂସଦ ସଭାପତି ରାକେଶ ଦାସଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉତ୍ସବରେ ବିଦ୍ୟାଳୟର ଭାରପ୍ରାପ୍ତ ଅଧକ୍ଷ ରାମକୃଷ୍ଣ ସିଆଳ, ଓଡିଶା ନବୋଦୟ ବିଦ୍ୟାଳୟ ଆଲୁମିନି ସଙ୍ଘର ସଭାପତି ସଞ୍ଜୟ ନାୟକ, ଯୁଗ୍ମ ସମ୍ପାଦକ ଅନିଲ କୁମାର ମିଶ୍ର, ଆଲୁମିନି ଅଧିକାରୀ ଭୁବନେଶ ବର୍ମା ଓ କେନ୍ଦ୍ରାପଡା ନବୋଦୟ ବିଦ୍ୟାଳୟର ପ୍ରଥମ ବ୍ୟାଚ ଆଲୁମିନି ପିଙ୍କୁଇନ ସାମନ୍ତରାୟ ପ୍ରମୁଖ ଯୋଗଦେଇ ଓଡିଶାର ୩୧ଟି ନବୋଦୟ ବିଦ୍ୟାଳୟକୁ ଗୋଟିଏ ରଜ୍ଜୁରେ ବାନ୍ଧି ରଖିବା ଓ ପୁରାତନ ଛାତ୍ରଛାତ୍ରୀମାନଙ୍କୁ ଏକାଠି କରିବା ଉଦ୍ଦେଶ୍ୟରେ ଏଭଳି କାର୍ଯ୍ୟକ୍ରମର ଆୟୋଜନ କରାଯାଇଛି ବୋଲି କହିଥିଲେ। ଏହି କାର୍ଯ୍ୟକ୍ରମରେ ପୁରାତନ ଛାତ୍ରଛାତ୍ରୀମାନେ ଯୋଗଦେଇ ନିଜ ନିଜର ପୁରୁଣା ଅତୀତର ସ୍ମୃତିକୁ ରୋମନ୍ଥନ କରିଥିଲେ। ଏହି ଅବସରରେ ପୁରାତନ ଛାତ୍ରସଂସଦ ପକ୍ଷରୁ ପ୍ଲାଷ୍ଟିକ ଜିନିଷର ବ୍ୟବହାରକୁ ପରିତ୍ୟାଗ କରିବା ପାଇଁ ଏକ ସଚେତନତା ଶୋଭାଯାତ୍ରା ବିଦ୍ୟାଳୟ ପରିସରରୁ ବାହାରି ବାରୋ ଗ୍ରାମ ପର୍ଯ୍ୟନ୍ତ ଯାଇ ଲୋକମାନଙ୍କୁ ସଚେତନ କରାଇଥିଲେ। ବିଦ୍ୟାଳୟ ପରିସରରେ ଫଳ ବୃକ୍ଷର ଚାରା ରୋପଣ କରାଯାଇଥିଲା ଓ ବିଦ୍ୟାଳୟର ବର୍ତ୍ତମାନର ଛାତ୍ରଛାତ୍ରୀମାନଙ୍କୁ ସେମାନଙ୍କ ଭବିଷ୍ୟତ ସ୍ୱୟଂ ସମ୍ପୂର୍ଣ୍ଣ ଭାବେ ଗଢି ତୋଳିବା ପାଇଁ ବହୁ ମୂଲ୍ୟବାନ ପରାମର୍ଶ ପ୍ରଦାନ କରାଯାଇଥିଲା।

## —ଯୀଶୁ ଏବଂ କୃଷ୍ଣ—





ଇତିହାସରୁ ଜଣାଯାଏ - ପ୍ରଥମେ ଲିବେରିୟୁସ ଖ୍ରୀଷ୍ଟିଆନ୍‌ମାନଙ୍କ ସହ ଖ୍ରୀଷ୍ଟମାସ ବା ବଡ଼ଦିନ ଭାବରେ ୪୩୨ ଖ୍ରୀଷ୍ଟାବ୍ଦରେ ପୁରାତନ ଜାନୁଆରୀ ୬ ତାରିଖରେ ଖ୍ରୀଷ୍ଟମାସ୍ ଧୀରେ ଧୀରେ ସାରା ପୃଥିବୀରେ କଲେ। ଷଷ୍ଠ ଶତାବ୍ଦୀ ବେଳକୁ ରୂପ ନେବାକୁ ଆରମ୍ଭ କରିଥିଲା। ଅଧିକାଂଶ ଦେଶରେ ଏହି ଉତ୍ସବ କରାଯାଏ। ମାତ୍ର ରୁଷ, ଭର୍ଜିଆ, ସର୍ବିଆ ଆଦି ଦେଶରେ ଜାନୁଆରୀ କରାଯାଏ। କାରଣ ପାରମ୍ପରିକ ୨୫ ତାରିଖ ଅର୍ଥାତ୍ ବଡ଼ଦିନ ୩୫୪ ଖ୍ରୀଷ୍ଟାବ୍ଦରେ ରୋମ୍‌ର ବିଶପ ମିଶି ଡିସେମ୍ବର ୨୫ ତାରିଖକୁ ପାଳନ କରିଥିଲେ। ଏହାପରେ ଜୁଲିୟନ୍ କ୍ୟାଲେଣ୍ଡର ଅନୁଯାୟୀ ପାଳନ କରାଗଲା। ଏହାପରେ ଖ୍ରୀଷ୍ଟିଆନ୍‌ମାନେ ବଡ଼ଦିନ ପାଳନ ଇଂଲଣ୍ଡରେ ଏହା ଏକ ପରମ୍ପରାର ଭାରତ ସମେତ ଦୁନିଆର ୨୫ ଡିସେମ୍ବରରେ ପାଳନ ମିଶର, ଅରମେନିଆ, ୟୁକ୍ରେନ୍ ଓ ୭ ତାରିଖରେ ଏହାର ଆୟୋଜନ ଜୁଲିୟନ୍ କ୍ୟାଲେଣ୍ଡରର ଡିସେମ୍ବର ଗେଗୋରିଆନ୍ ଓ ରୋମାନ କ୍ୟାଲେଣ୍ଡରର ଅନୁଯାୟୀ ଜାନୁଆରୀ ୭ ତାରିଖରେ ପଡ଼େ। ଖ୍ରୀଷ୍ଟମାସ୍ ଶବ୍ଦଟି - 'ଖ୍ରୀଇଷ୍ଟସ୍' ଏବଂ 'ମାସ୍' ଦୁଇଟି ଶବ୍ଦର ମିଶ୍ରଣରେ ସୃଷ୍ଟି ହୋଇଛି। ଖ୍ରୀଇଷ୍ଟସ୍‌ର ଅର୍ଥ ଯୀଶୁଖ୍ରୀଷ୍ଟ ଏବଂ ମାସର ଅର୍ଥ ହେଲା ମିଳିତ ପ୍ରାର୍ଥନା। ଲେଖକ ଲୁଇସ୍ ଜ୍ୟାକୋଲିୟତ୍ ୧୮୬୯ରେ ଦି ବାଇବେଲ ଇନ୍ ଇଣ୍ଡିଆ ନାମକ ଏକ ପୁସ୍ତକ ଲେଖିଥିଲେ। ଏହି ପୁସ୍ତକରେ ଯୀଶୁ ଏବଂ କୃଷ୍ଣ ଜଣେ ବୋଲି ସେ ଉଲ୍ଲେଖ କରିଥିଲେ। ଲୁଇସ୍ ଜ୍ୟାକୋଲିୟତ୍ ଥିଲେ ଫରାସୀ ସାହିତ୍ୟିକ ତଥା ଓକିଲ। ନିଜ ପୁସ୍ତକରେ ସେ କୃଷ୍ଣ ଏବଂ ଖ୍ରୀଷ୍ଟଙ୍କ ମଧ୍ୟରେ ତୁଳନା କରିଥିଲେ। ଲୁଇସ୍ ନିଜ ପୁସ୍ତକରେ ଲେଖିଥିଲେ ଯେ ଖ୍ରୀଷ୍ଟ ବା କ୍ରାଏଷ୍ଟ ଶବ୍ଦର ଅର୍ଥ କୃଷ୍ଣ ଶବ୍ଦର ରୂପାନ୍ତରଣ । ଖ୍ରୀଷ୍ଟଙ୍କ ଅନୁଗାମୀମାନେ ଖ୍ରୀଷ୍ଟିୟାନ ନାମରେ ଜଣାଶୁଣା। ଏହି ଅନୁଗାମୀମାନେ ହିଁ ଖ୍ରୀଷ୍ଟଙ୍କୁ 'ଯାସ୍‌ସ' ନାମ ଦେଇଥିଲେ। ଏହାର ଅର୍ଥ ହେଉଛି ମୂଳ ତତ୍ତ୍ୱ। ଗୀତା ଏବଂ ଅନ୍ୟ ଧର୍ମଗ୍ରନ୍ଥରେ ମଧ୍ୟ ଭଗବାନ ଶ୍ରୀକୃଷ୍ଣଙ୍କୁ ଏହି ରୂପରେ ବ୍ୟକ୍ତ କରାଯାଇଛି। ଯୀଶୁଖ୍ରୀଷ୍ଟଙ୍କ ସମ୍ପର୍କରେ ଏହା ମଧ୍ୟ ଉଲ୍ଲେଖ ରହିଛି ଯେ ସେ ନିଜ ଜୀବନର କିଛି ସମୟ ଭାରତରେ ବିତାଇଥିଲେ। ଯୀଶୁ ପ୍ରାଚୀନ ବ୍ୟବସାୟିକ ମାର୍ଗ ସିଲକ୍ ରୁଟ୍ ଦେଇ ଭାରତ ଆସିଥିଲେ ବୋଲି ଐତିହାସିକ ପ୍ରମାଣ ମିଳେ। ସେ ତିବତ୍ ଏବଂ କାଶ୍ମୀରର ମୋନାଷ୍ଟ୍ରିରେ କିଛି ସମୟ ବିତାଇଥିଲେ। ସେଠାରେ ବୌଦ୍ଧ ଏବଂ ଭାରତୀୟ ଧର୍ମଗ୍ରନ୍ଥର ଅଧ୍ୟୟନ କରିଥିଲେ। ଭାରତ ଭ୍ରମଣ ସମୟରେ ଯୀଶୁ ଓଡ଼ିଶାର ଜଗନ୍ନାଥଧାମକୁ ମଧ୍ୟ ଆସିଥିଲେ। ସେଠାରେ ରହି କିଛି ଦିନ ଅଧ୍ୟୟନ କରିଥିଲେ ବୋଲି ଜଣାଯାଏ।

**ଅଲେଖ ଚନ୍ଦ୍ର ସାମଲ**, ଓଏଫଏସ-୧ (ଏସ୍.ବି.), ପୂର୍ବତନ ଡିଏଫ୍‌ଓ (କେନ୍ଦୁଲିଫ୍), ପଲାଇ, ବାଲିଚନ୍ଦ୍ରପୁର, ଯାଜପୁର, ଦୂରଭାଷ : ୯୪୩୭୨୫୭୧୨୩

## ସତ୍‌ସଙ୍ଗର ଆହ୍ୱାନ: ଧର୍ମାନ୍ତରୀକରଣମୁକ୍ତ ଭାରତ





ସତ୍‌ସଙ୍ଗର ପ୍ରାଣପୁରୁଷ ପୁରୁଷୋତ୍ତମ ଯୁଗାବତାର ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ରଙ୍କର ସର୍ବଧର୍ମ ସମନ୍ୱୟକାରୀ ଆଚରଣ ଓ ଉଚ୍ଚାରଣରେ ବିମୋହିତ ହୋଇ ହିନ୍ଦୁ, ମୁସଲ୍‌ମାନ, ଖ୍ରୀଷ୍ଟିୟାନ, ବୌଦ୍ଧ, ଜୈନ ଇତ୍ୟାଦି ଭକ୍ତଗଣ ଜାତି, ଧର୍ମ, ବର୍ଣ୍ଣ ଓ ସମ୍ପ୍ରଦାୟ ନିର୍ବିଶେଷରେ ଆବାଳବୃଦ୍ଧବନିତା ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ରଙ୍କୁ ଗୁରୁ ରୂପେ ବରଣ କରିଥିଲେ। ଧର୍ମାନ୍ତରୀକରଣ ସମ୍ବନ୍ଧରେ ଯୁଗପୁରୁଷ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର କହିଲେ-ଧର୍ମ ଚିରଦିନ ହିଁ ଏକ ଏବଂ ତାହା ଆଚରଣର ବସ୍ତୁ। ଧର୍ମ କେବେହେଲେ ଭେଦ ହୁଏନାହିଁ। ଧର୍ମ କେବେହେଲେ ପିତୃପୁରୁଷ ବା ମନୁଷ୍ୟର ଅତୀତ ସତ୍ତାସମ୍ବର୍ଦ୍ଧନୀ କୃଷ୍ଟିକୁ ଅସ୍ୱୀକାର କରିବାକୁ ଶିଖାଏ ନାହିଁ। ଏକ କଥାରେ ଧର୍ମାନ୍ତରୀକରଣ ଧର୍ମର କୌଣସି ପରିଭାଷା ନୁହେଁ। ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ରଙ୍କ ଜନୈକ ଭକ୍ତ ହାର୍ଭାଡ଼ ବିଶ୍ୱବିଦ୍ୟାଳୟରପ୍ରଫେସର ଏଡ଼ମ୍‌ଣ୍ଡ ସ୍ପେନ୍‌ସର ଭାଇ ଏହା ଶୁଣି ଉତ୍‌ଫୁଲ୍ଲିତ ହୋଇଉଠିଲେ, କହିଲେ-ଆପଣ ଠିକ୍ କହିଛନ୍ତି, ବାଇବେଲରେ ମଧ୍ୟ ଏହାର ସମର୍ଥନ ଅଛି। ଶ୍ରୀ ସ୍ପେନ୍‌ସର ଭାଇ ବାଇବେଲ୍‌ରୁ ପଢ଼ିଲେ-ହାୟ ! ଅଧାର୍ମିକ ଇହୁଦୀ ଧର୍ମବ୍ୟାଖ୍ୟାତାଗଣ, ତୁମ୍ଭେମାନେ ଜଣକୁ ସ୍ୱଧର୍ମ ତ୍ୟାଗ କରାଇବା ନିମିତ୍ତ ଜଳ, ସ୍ଥଳ ପରିଭ୍ରମଣ କରୁଛ ଏବଂ ଯେତେବେଳେ ସେଥିରେ କୃତକାର୍ଯ୍ୟ ହୁଅ, ସେତେବେଳେ ତୁମ୍ଭେମାନେ ତାକୁ ଏକ ନରକ ନନ୍ଦନ କରି ଉଠାଓ, ଯିଏକି ତୁମଠାରୁ ଦୁଇଗୁଣ ଖରାପ ହୋଇପାରେ। (ମାଥ୍ୟୁ. ୨୩;୧୫) ଯୁଗାବତାର ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର କହିଲେ - ବୁଝିରଖ ଏହା ବରାବର ଚାଲିଆସିଛି। ଆଉ ଆମ୍ଭେମାନେ ଏହାର ବିରୁଦ୍ଧ ଆଚରଣ କରୁଛୁ। ଧର୍ମାନ୍ତରୀକରଣ ଧର୍ମର ପରିପନ୍ଥୀ। କିନ୍ତୁ ପରିପୂରଣୀ ଦୀକ୍ଷା ଜିନିଷଟା ହେଲା ଅଲଗା, ଏଥିରେ ଗୁରୁତ୍ୟାଗ ହୁଏନାହିଁ, ବଂଶ ତ୍ୟାଗ ହୁଏନାହିଁ, କୃଷ୍ଟି ତ୍ୟାଗ ହୁଏନାହିଁ ବରଂ ପ୍ରତ୍ୟେକଟା ହିଁ ସ୍ଫୁରଣଦୀପନା ଲାଭକରେ। ମୋର ବକ୍ତବ୍ୟ ଏହା ଯେ - ପୂର୍ବତନ କୌଣସି ଏକ ଜଣଙ୍କୁ ନ ମାନିବା ହିଁ ମହାକ୍ଷତି। ବର୍ତ୍ତମାନ ପୂରକ ପୁରୁଷ ହେଉଛନ୍ତି ସର୍ବଦେବମୟୋଗୁରୁଃ। ପୂର୍ବତନ ପ୍ରତ୍ୟେକଟି ମହାପୁରୁଷ ତାଙ୍କ ମଧ୍ୟରେ ଜୀବନ୍ତ। ତାଙ୍କ ପାଖରେ ଧର୍ମାନ୍ତରକରଣ ନାହିଁ ବରଂ ଅଛି ନିଷ୍ଠା। ଧର୍ମାନ୍ତରକରା ମାନେ ବିଶ୍ୱାସଘାତକତା କରିବା ଓ ଏହା ଧର୍ମ ରାଜ୍ୟର କଥା ନୁହେଁ। ମୋ ପାଖକୁ ଜଣେ ଖ୍ରୀଷ୍ଟିୟାନ ଭକ୍ତ ଆସିଲେ ମୁଁ ତାକୁ କୁହେ - ଆହୁରି ଗଭୀର ଭାବେ ଖ୍ରୀଷ୍ଟିୟାନ୍ ହୁଅ, କୌଣସି ମୁସଲମାନ୍ ଭକ୍ତ ଆସିଲେ ତାଙ୍କୁ କୁହେ ଆହୁରି ଗଭୀର ଭାବେ ମୁସଲିମ୍ ହୁଅ। ଏହି ପ୍ରସଙ୍ଗରେ ପୁନରାୟ ଆମେରିକାନ୍ ଭକ୍ତ ସ୍ପେନ୍‌ସର୍ ଭାଇ ପରିପୂରଣୀ ଦୀକ୍ଷା ସମର୍ଥନରେ ବାଇବେଲ୍‌ରୁ ପଢ଼ି ଶୁଣାଇଲେ-ସ୍ୱର୍ଗୀୟ ଜୀବନବାଦରେ ଦୀକ୍ଷିତ ପ୍ରତିଟି ଇହୁଦୀ ଧର୍ମଶାସ୍ତ୍ରଜ୍ଞ ବ୍ୟକ୍ତି ସେହି ଗୃହୀର ସମତୁଲ୍ୟ ଯିଏ କି ତାର ଭଣ୍ଡାରରୁ ପ୍ରାଚୀନ ଓ ନବୀନ ସବୁକିଛି ବାହାର କରି ଦେଖାଇପାରେ। (ମାଥ୍ୟୁ. ୧୪;୫୧)। ଜଣେ ମୌଲବୀ ସାହେବଙ୍କ ସହିତ ଇସ୍‌ଲାମ ସମ୍ପର୍କରେ କଥା କହୁ କହୁ ଯୁଗପୁରୁଷୋତ୍ତମ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର କହିଲେ- ଇସ୍‌ଲାମ ଶବ୍ଦର ଅର୍ଥ ଖୋଦାଙ୍କ ଠାରେ ଆତ୍ମନିବେଦନ ବା ଶାନ୍ତି। କଲେମା, ନାମାଜ, ରୋଜା, ହଜ୍ ଓ ଜାକାତ୍-ଏହି ପାଞ୍ଚଟି ଅନୁଷ୍ଠାନ ମୁସଲମାନମାନଙ୍କର ଅବଶ୍ୟ କରଣୀୟ। ପ୍ରତ୍ୟେକ ଶାସ୍ତ୍ରରେ ଏହି ବିଧାନ ଅବଶ୍ୟ ଅଛି, ହୁଏତ ବିଭିନ୍ନ ଭାଷାରେ ବା ନାମରେ। କଲେମା ଅର୍ଥ ଖୋଦାଙ୍କ ପାଖରେ ବିଶ୍ୱାସ ରଖି ପ୍ରେରିତ ପୁରୁଷଙ୍କୁ ସ୍ୱୀକାର କରି ତାଙ୍କ ଅନୁଶାସନରେ ଚାଲିବା। ଏହି ବିଶ୍ୱାସ, ସ୍ୱୀକୃତି ଓ ଅନୁସରଣ ହେଉଛି ଧର୍ମର ପ୍ରଥମ ଭିତ୍ତି। ହିନ୍ଦୁମାନଙ୍କ ମତରେ ସଦ୍‌ଗୁରୁଙ୍କ ପାଖରେ ଦୀକ୍ଷା ଗ୍ରହଣ ଓ ଖ୍ରୀଷ୍ଟିୟାନ୍ ମାନଙ୍କର ଅଭିଷେକ ପ୍ରଥା ରହିଛି। ବୌଦ୍ଧମାନେ ଆନୁଷ୍ଠାନିକ ଭାବେ ତ୍ରିଶରଣ ମନ୍ତ୍ର ଗ୍ରହଣ କରନ୍ତି। ନାମାଜ ମାନେ ସନ୍ଧ୍ୟା, ବନ୍ଦନା ଓ ପ୍ରାର୍ଥନା। ରୋଜା ମାନେ ଇଷ୍ଟଚିନ୍ତାପରାୟଣ ହୋଇ ସୁନିୟନ୍ତ୍ରିତ ଉପବାସ। ହଜ୍ ମାନେ ତୀର୍ଥଯାତ୍ରା। ଜାକାତ୍ ମାନେ ଧର୍ମାର୍ଥେ ଦାନ-ଅର୍ଥ ଇଷ୍ଟଭୃତି। ଏହି ପଞ୍ଚନୀତି ସବୁଧର୍ମରେ ନିହିତ ଅଛି। ବିଦାୟ ହଜ୍‌ରେ ପୟଗମ୍ବର ରସୁଲ ଆଲ୍ଲା ଧର୍ମାନ୍ତରୀକରଣ ବିରୁଦ୍ଧରେ ତୀବ୍ର ଭାବେ ମତ ପ୍ରକାଶ କରିଛନ୍ତି। ହିନ୍ଦୁ ମାନଙ୍କର ଗୟାରେ ପିଣ୍ଡଦାନ, ଖ୍ରୀଷ୍ଟିୟାନ ମାନଙ୍କର ବିଚାରର ଦିନ ଓ ମୁସଲମାନ ମାନଙ୍କର ରୋଜକୟାମତ୍‌ର ଅର୍ଥ ଏକ ଓ କେବଳ ଭାଷାର ବିଭିନ୍ନତା। ଭଗବାନ ଶ୍ରୀକୃଷ୍ଣ ଶବ୍ଦଯୋଗୀ ଥିଲେ। ଶ୍ରୀକୃଷ୍ଣଙ୍କ ହାତରେ ଥିଲା ବଂଶୀ ଓ ସେହି ବଂଶୀରୁ ରାଧା, ରାଧା ବୋଲି ଆୱାଜ୍ ଆସୁଥିଲା। ମୋର ମନେହୁଏ ଭଗବାନ ଯୀଶୁଖ୍ରୀଷ୍ଟ ମଧ୍ୟ ଶବ୍ଦଯୋଗୀ ଥିଲେ। ବାଇବେଲ୍‌ରେ ଅଛି - ଆଦିରେ ବାକ୍ ଥିଲା, ବାକ୍ ଥିଲା ଈଶ୍ୱରଙ୍କ ପାଖରେ ଏବଂ ବାକ୍ ହିଁ ଈଶ୍ୱର। ପୟଗମ୍ବର ରସୁଲ୍ ମଧ୍ୟ ନୂର୍ ଓ ଆୱାଜ୍ କଥା କହୁଥିଲେ। ଏହି ଶବ୍ଦ ସାଧନା ହିନ୍ଦୁ, ମୁସଲମାନ ଓ ଖ୍ରୀଷ୍ଟିଆନ ସମସ୍ତଙ୍କ ଭିତରେ ଅଛି, ତେଣୁ ଧର୍ମାନ୍ତରୀକରଣ ହେଉଛି ଗୀତା, କୋରାନ୍ ଓ ବାଇବେଲ ବିରୋଧୀ। ତେଣୁ ବଜ୍ରକଣ୍ଠରେ ଯୁଗାବତାର ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ମାନବ ଜାତିକୁ ଆହ୍ୱାନ ଦେଲେ - ଭାରତ ! ଯଦି ଭବିଷ୍ୟତ କଲ୍ୟାଣକୁ ଆବାହନ କରିବାକୁ ଚାହଁ ତେବେ ସମ୍ପ୍ରଦାୟଗତ ବିରୋଧ ଭୁଲି ଜଗତର ପୂର୍ବ ପୂର୍ବ ଗୁରୁମାନଙ୍କ ପ୍ରତି ଶ୍ରଦ୍ଧା ସମ୍ପନ୍ନ ହୁଅ- ଆଉ ତୁମର ମୂର୍ତ୍ତ ଓ ଜୀବନ୍ତ ଗୁରୁ ବା ଭଗବାନଙ୍କ ପ୍ରତି ଆସକ୍ତ ହୁଅ ଏବଂ ସେହିମାନଙ୍କୁ ହିଁ ସ୍ୱୀକାର କର ଯେଉଁମାନେ ତାକୁ ଭଲ ପାଆନ୍ତି। କାରଣ ପୂର୍ବବର୍ତ୍ତୀଙ୍କୁ ଅଧିକାର କରି ହିଁ ପରବର୍ତ୍ତୀଙ୍କର ଆବିର୍ଭାବ।

**ପ୍ରଫେସର ଡାକ୍ତର ଉମେଶଚନ୍ଦ୍ର ପାତ୍ର**, ସହପ୍ରତିରତ୍ୱିକ ଓ ବିଭାଗୀୟ ମୁଖ୍ୟ, ହେପାଟାଲୋଜି ବିଭାଗ, ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡ଼ିକାଲ କଲେଜ, କଟକ, ଦୂରଭାଷ: ୯୪୩୭୦୫୧୯୫୭


# DISPLAY CLASSIFIED

**FOR ADVERTISEMENT CONTACT**

Phone No. (0674) 2555116/9853400829

Fax: (0674) 2550504

E-mail : paryabekhyak@gmail.com

editorpbkc@gmail.com

**TARIFF:** 10 c.m.x 4cm: Rs. 8,000/- (One Month)

10c.m.x 4cm: Rs. 350/- (One day)

5c.m.x 4cm: Rs. 5,000/- (One Month)

5c.m.x 4cm: Rs. 200/- (One day)

**ADMISSION ON**

MPS PLAY HOME

Where awareness nurtured, innocence blossoms.

For

PRE-NURSERY, NURSERY, L.K.G. & U.K.G.

N-3B-14/15, Ekamra Kanan Road,Nayapalli, BBSR

Tel : (0674) 2556225, 2558884, Fax : 2550504

Email : maharishipublicschool@yahoo.com

Web : www.maharishipublicschool.com

Mahaditya Publication

VED BHAWAN

Creating Peace, Progress & Prosperity

For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.

DO YOU NEED PUNDITS / ASTROLOGERS / VASTU EXPERTS ?

Contact :

Near Mukteswar Temple,

Sarbodaya Nagar, Puri.

N-3, B-14/15, MPS Campus, Nayapalli, Bhubaneswar

Ph. 0674-2550786, Fax : 0674-2550504

Email.: yagyaanusthan@sify.com

Pragyan Communication

**ADMISSION ON**

MAHARISHI PUBLIC SCHOOL

your gateway to complete education

For

PRE-NURSERY, NURSERY, L.K.G., U.K.G., Std-1 to Std-VIII

Baghra Road, Baripada

Tel-06792-255227

Email : maharishipublicschool@yahoo.com

Web : www.maharishipublicschool.com


## ବନ୍ୟପ୍ରାଣୀ ସୁରକ୍ଷାର ଅଭିନବ ଉପାୟ

ଭୁବନେଶ୍ୱର (ପିଏନ୍): ବନ୍ୟପ୍ରାଣୀଙ୍କୁ ଶିକାରୀମାନଙ୍କ ଲୋଲୁପ ଦୃଷ୍ଟିରୁ ରକ୍ଷାକରିବା ସକାଶେ ଏବେ ବୈଜ୍ଞାନିକମାନେ ଏକ ଅଭିନବ ଉପାୟ ଚିନ୍ତା କରିଛନ୍ତି। ଏହାଦ୍ୱାରା ଆଉ ଶିକାରୀମାନେ ବିରଳ ବନ୍ୟପ୍ରାଣୀଙ୍କୁ ହତ୍ୟା କରିବେ ନାହିଁ କି ସେମାନଙ୍କ ବଂଶ ଲୋପ ପାଇବ ନାହିଁ ବୋଲି ଆଶା କରାଯାଉଛି। ଏଥିନେଇ ଦକ୍ଷିଣ ଆଫ୍ରିକାର ଏକ କମ୍ପାନୀ ଯେଉଁ ଉପାୟଟି ଚିନ୍ତା କରିଛି ତାହା ହେଲା ବୈଜ୍ଞାନିକ ପଦ୍ଧତିରେ ହାତୀ, ଗଣ୍ଡା ଏବଂ ଅନ୍ୟାନ୍ୟ ପଶୁପକ୍ଷୀମାନଙ୍କ ଶରୀରର କୃତ୍ରିମ ଅଙ୍ଗପ୍ରତ୍ୟଙ୍ଗ ସୃଷ୍ଟି। ବିଜ୍ଞାନାଗାରରେ ଏହି ସବୁ ଅଙ୍ଗପ୍ରତ୍ୟଙ୍ଗ ଏପରି ଭାବେ ପ୍ରସ୍ତୁତ କରାଯିବ ଯେ ତାହା ଲୋକମାନଙ୍କ ଚାହିଦା ପୂରଣ କରିପାରିବ ଓ ଜଙ୍ଗଲରେ ପଶୁପକ୍ଷୀମାନେ ନିର୍ଭୟରେ ବସବାସ କରିପାରିବେ। ଯେଉଁ କମ୍ପାନୀ ଏଭଳି ଅଭିନବ କାର୍ଯ୍ୟରେ ହାତ ଦେଇଛି ତା'ର ନାମ ପେମ୍ବିଏଞ୍ଚ। ପରୀକ୍ଷାମୂଳକ ଭାବେ ପେମ୍ବିଏଞ୍ଚକମ୍ପାନୀ ଏବେ ଗଣ୍ଡାର ଶିଙ୍ଗ ପ୍ରସ୍ତୁତି କାର୍ଯ୍ୟରେ ଲାଗିପଡ଼ିଛି। ଏ ଦିଗରେ ଏହାକୁ ସଫଳତା ବି ମିଳିସାରିଛି। ତେବେ ଏଥିରେ କିଛି ପରିବର୍ତ୍ତନ ଘଟାଇବା ଓ ଏହା ଯେପରି ଆନ୍ତର୍ଜାତୀୟ ବଜାରରେ ପର୍ଯ୍ୟାପ୍ତ ମାତ୍ରାରେ ଉଲବ୍ଧ ହୋଇପାରିବ ସେଥିପାଇଁ ଅଧିକରୁ ଅଧିକ ଶିଙ୍ଗ ଉତ୍ପାଦନ ପାଇଁ କମ୍ପାନୀ ଉଦ୍ୟମ ଚଳାଇଛି ବୋଲି କହିଛନ୍ତି ପେମ୍ବିଏଞ୍ଚର ସିଇଓ ମାଥ୍ୟୁ ମୁର୍କୁସ୍। ହାତୀଦାନ୍ତଠାରୁ ଆରମ୍ଭ କରି ଗଣ୍ଡାଙ୍କ ଶିଙ୍ଗ ପର୍ଯ୍ୟନ୍ତ ବନ୍ୟପ୍ରାଣୀଙ୍କ ଶରୀରର ବିଭିନ୍ନ ଅଙ୍ଗପ୍ରତ୍ୟଙ୍ଗର ଚାହିଦା ବିଶ୍ୱ ବଜାରରେ ଢ଼େର ବେଶୀ। ଏହାର କାରଣ ଯାହା ହୋଇଥାଉ ନା କାହିଁକି ବିଭିନ୍ନ ବନ୍ୟପ୍ରାଣୀଙ୍କ ଚମଡ଼ା, ଦାନ୍ତ, ଶିଙ୍ଗ, ଲୋମ, ପିତ୍ତ ଏବଂ ଅନ୍ୟାନ୍ୟ ଅଙ୍ଗକୁ ସୌଖିନ ଓ ରାଇସ୍ ଲୋକମାନେ ଲକ୍ଷ ଲକ୍ଷ ଡଲାର ଦେଇ କିଣିଥା'ନ୍ତି। ଯେମିତିକି ଗଣ୍ଡାର ଶିଙ୍ଗର ମୂଲ୍ୟ ଆନ୍ତର୍ଜାତୀୟ ଚୋରା ବଜାରରେ ଆକାଶଛୁଆଁ। ଏହାର ପ୍ରତି କିଲୋ ପିଛା ଦାମ ପ୍ରାୟ ୬୦,୦୦୦ ଡଲାର। ସେଇଭଳି ହାତୀଦାନ୍ତର କିଲୋପିଛା ମୂଲ୍ୟ ପ୍ରାୟ ୨୧୦୦୦ ଡଲାର। ବାଘଛାଲ ଓ ଦାନ୍ତ, ମୃଗଚର୍ମ ଓ ଶିଙ୍ଗ, ଭାଲୁର ଲୋମ, ଚର୍ମ ଓ ପିତ୍ତ, କୁମ୍ଭୀର ଚମଡ଼ାର ଚୋରା ବଜାରର ଅଦୃଶ୍ୟ ଜାଲ ପୃଥିବୀସାରା ବିଛେଇ ହୋଇ ରହିଛି। ବିଶେଷକରି ଆଫ୍ରିକା ମହାଦେଶର ବିଭିନ୍ନ ରାଷ୍ଟ୍ରରୁ ଏବଂ ଏସୀୟ ଦେଶମାନଙ୍କରୁ ଏସବୁ ଦ୍ରବ୍ୟ ଚାଲାଣ କରି ଚୋରା ବେପାରୀମାନେ କୋଟି କୋଟି ଡଲାର ଉପାର୍ଜନ କରିଥା'ନ୍ତି। ଏହାର କ୍ରେତା ଦୁଇ ପ୍ରକାରର। ପ୍ରଥମତଃ କିଛି କ୍ରେତା ପ୍ରାଚୁର୍ଯ୍ୟ ବଳରେ ଏସବୁ ଦ୍ରବ୍ୟ କିଣି ନିଜ ପାଖରେ ରଖିବାକୁ ପସନ୍ଦ କରିଥା'ନ୍ତି। ଏହାବ୍ୟତୀତ ଦ୍ୱିତୀୟ ଶ୍ରେଣୀର କ୍ରେତା ବନ୍ୟପଶୁପକ୍ଷୀଙ୍କ ଶରୀରର ଅଙ୍ଗକୁ ବ୍ୟବହାର କରି ପାରମ୍ପରିକ ଔଷଧ ପ୍ରସ୍ତୁତ କରିଥା'ନ୍ତି। ପୁଣି କେହି କେହି ଅନ୍ଧବିଶ୍ୱାସର ବଶବର୍ତ୍ତୀ ହୋଇ ଏସବୁ ଦ୍ରବ୍ୟ କିଣି ପାଖରେ ରଖିଥା'ନ୍ତି। ତେବେ ସେ ଯାହା ହେଉନା କାହିଁକି, ଏଥିପାଇଁ ଅବାଧ ଶିକାର ଏତେ ମାତ୍ରାରେ ବୃଦ୍ଧି ପାଇଛି ଯେ ହାତୀ, ବାଘ, ସିଂହ, ଭଲ୍ଲୁକ ବିଭିନ୍ନ ପ୍ରଜାତିର ମୃଗ, ଗଣ୍ଡା ଅନେକ ଧରଣର ପକ୍ଷୀ ବିଲୁପ୍ତ ହୋଇଗଲେଣି ଅଥବା ବିଲୁପ୍ତିର ମହାମାର୍ଗରେ ଏବେ ଅଗ୍ରସର ହେଉଛନ୍ତି। କୌଣସି ଦେଶ ଶିକାରୀମାନଙ୍କ ଅବାଧ ବନ୍ୟପ୍ରାଣୀ ଶିକାରକୁ ରୋକିପାରିନାହାନ୍ତି। ଏଭଳି ବନ୍ୟପ୍ରାଣୀଙ୍କ ଅଙ୍ଗପ୍ରତ୍ୟଙ୍ଗ କିଣିବା ତାଲିକାରେ ବିଶ୍ୱରେ ସର୍ବାଗ୍ରେ ରହିଛି ଚୀନ। ଚୀନରେ ପାରମ୍ପରିକ ଔଷଧ ପ୍ରସ୍ତୁତିରେ ଅଧିକାଂଶ ପଶୁଙ୍କ ଶରୀରର ଅଙ୍ଗ ଉପଯୋଗ କରାଯାଇଥାଏ। ଏବେ ସିନ୍ଥେଟିକ୍ ଅଙ୍ଗ ପ୍ରସ୍ତୁତି ପ୍ରସଙ୍ଗକୁ ଆସିବା। ପେମ୍ବିଏଞ୍ଚ କମ୍ପାନୀର ଏଭଳି ଉଦ୍ୟମକୁ କିନ୍ତୁ ବିଶ୍ୱ ବନ୍ୟପ୍ରାଣୀ ସଂରକ୍ଷଣ ସଂସ୍ଥାଠାରୁ ଆରମ୍ଭ କରି ପର୍ଯ୍ୟାବରଣବିତ ଓ ପ୍ରାଣୀପ୍ରେମୀମାନେ ବିରୋଧ କରିଛନ୍ତି। ସେମାନଙ୍କ ମତରେ ଏଭଳି ନକଲି ଅଙ୍ଗପ୍ରତ୍ୟଙ୍ଗ ବଜାରରେ ଉପଲବ୍ଧ ହେଲେ ସୁଦ୍ଧା ଅସଲି ଦ୍ରବ୍ୟର ଚାହିଦା କମିବ ନାହିଁ। ତେଣୁ ଚୋରାଶିକାର ପୂର୍ବବତ୍ ଜାରି ରହିବ। ବରଂ ତାହା ବୃଦ୍ଧିପାଇବ ବୋଲି ସେମାନେ ଆଶଙ୍କା ପ୍ରକଟ କରନ୍ତି। ତେଣୁ ସେମାନେ ପେମ୍ବିଏଞ୍ଚ କମ୍ପାନୀର ଏଭଳି ପ୍ରୟାସକୁ ଘୋର ବିରୋଧ କରିଛନ୍ତି। ସେମାନେ ଏହାର ଏକ ଉଦାହରଣ ଦେଇ କହିଛନ୍ତି ଯେ ଗତ ଦଶବର୍ଷ ଭିତରେ ବିଶ୍ୱରେ ଗଣ୍ଡା ଶିକାର ଉଦ୍‌ବେଗଜନକ ଭାବେ ବୃଦ୍ଧି ପାଇଛି। ୨୦୦୭ ମସିହାରେ ଦକ୍ଷିଣ ଆଫ୍ରିକାରେ ମାତ୍ର ୧୩ଟି ଗଣ୍ଡାଙ୍କୁ ମରାଯାଇଥିବାବେଳେ ୨୦୧୫ରେ ୧୧୭୫ଟି ଗଣ୍ଡା ଚୋରା ଶିକାରୀଙ୍କ ଦ୍ୱାରା ନିହତ ହୋଇଛନ୍ତି। ତେଣୁ ଏଭଳି ବିକଳ୍ପ ଉପାୟ ବନ୍ୟପ୍ରାଣୀଙ୍କ ସୁରକ୍ଷା ଦିଗରେ ବିଶେଷ ସହାୟକ ହେବନାହିଁ ବୋଲି ସେମାନେ ଦୃଢ଼ ଯୁକ୍ତି ବାଢ଼ନ୍ତି। କିନ୍ତୁ ବଜାରରେ ଯେ ଖୁବ୍‌ଶୀଘ୍ର ସିନ୍ଥେଟିକ ହାତୀଦାନ୍ତ ଓ ଗଣ୍ଡା ଶିଙ୍ଗ ମିଳିବ ତାହା ସମସ୍ତଙ୍କ ପାଇଁ ଏବେ ଖୁସି ଖବର ପାଲଟିଛି।

## ସାହିତ୍ୟିକ ଇଂ.ନିରାକାର ମହାଳିକଙ୍କ ସ୍ମୃତିସଭା



ଭୁବନେଶ୍ୱର (ପିଏନ୍): ସ୍ଥାନୀୟ ବିଶ୍ୱ ସମ୍ବାଦ କେନ୍ଦ୍ର, ଓଡିଶା କାର୍ଯ୍ୟାଳୟରେ ଓଡିଶାର ଜଣେ ବରିଷ୍ଠ ଲେଖକ ଓ ଗବେଷକ ସ୍ୱର୍ଗତ ଇଂ.ନିରାକାର ମହାଳିକଙ୍କ ସ୍ମୃତି ଚାରଣ ଏବଂ ଶ୍ରଦ୍ଧାଞ୍ଜଳି କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଭାଗ ନେଇ ବିଶିଷ୍ଟ ସ୍ତମ୍ଭକାର ଏବଂ ସାହିତ୍ୟିକ ସୌମେନ୍ଦ୍ର କୁମାର ଜେନା କହିଲେ ଯେ, ଏକ ସରଳ, ନିରଳସ, ନିଷ୍ଠାପର ଏବଂ ନୀରବ ସାଧକ ସ୍ୱର୍ଗତ ଇଂ. ନିରାକାର ମହାଳିକ ରାଷ୍ଟ୍ରୀୟ ବିଚାରଧାରାକୁ ସଦାସର୍ବଦା ଅଗ୍ରାଧିକାର ଦେଉଥିଲେ । ବୃତିରେ ଇଂଜିନିୟର ହୋଇଥିବା ସତ୍ତ୍ୱେ ପ୍ରବୃତିରେ ସିଏ ଥିଲେ ସାହିତ୍ୟ ସାଧକ । ତାଙ୍କ ଦ୍ୱାରା ରଚିତ ପୁସ୍ତକଗୁଡିକ ଗବେଷଣାତ୍ମକ ଏବଂ ତଥ୍ୟପୂର୍ଣ୍ଣ । ସ୍ୱର୍ଗତ ଇଂ.ନିରାକାର ମହାଳିକଙ୍କ ଦ୍ୱାରା ରଚିତ ପୁସ୍ତକଗୁଡିକ ମଧ୍ୟରେ ଭାରତୀୟ କାଳର ବିଶ୍ୱରୂପ, ମନସ୍ୱୀ ବିକ୍ରମଦେବ ବର୍ମା, କନ୍ଧକବି ଭୀମଭୋଇ, ଆର୍ଯ୍ୟପରମ୍ପରା ଓ ଓଡିଶାର ସାମରିକ ସଂସ୍କୃତି,ରେଢାଖୋଲ ଇତିହାସ, ଶ୍ରୀ ହରିଶଙ୍କର, ଶ୍ରୀ ନୃସିଂହନାଥ, ବେଦବ୍ୟାସ, ମଧ୍ୟାହ୍ନର ସ୍ୱର, ଇଂ. ସାର ବିଶ୍ୱେଶରାୟା ଏବଂ ନାଟ୍ୟରଥି ଗୋପାଳ ଦାସ ଆଦି ଉଲ୍ଲେଖନୀୟ । ଏହାଛଡା ଓଡିଶାର ଏକ ପ୍ରମୁଖ ନିର୍ମାଣ ହିରାକୁଦ ନଦୀବନ୍ଧର ଅନ୍ୟତମ ପୁରୋଧା ତତ୍କାଳୀନ ରାଜ୍ୟପାଳ ଅଯୋଧ୍ୟାନାଥ ଖୋସଲାଙ୍କ ଜୀବନୀ ଉପରେ ଏକ ଇଂରାଜୀ ବହି ମଧ୍ୟ ରଚନା କରିଛନ୍ତି । ସ୍ୱର୍ଗତ ଇଂ.ନିରାକାର ମହାଳିକଙ୍କୁ ଜଣେ ସରଳ ଦରଦୀ ହୃଦୟବ୍ୟକ୍ତି ଭାବରେ ବର୍ଣ୍ଣନାକରି ଏହି ସ୍ମୃତି ଚାରଣ କାର୍ଯକ୍ରମରେ ଉପସ୍ଥିତ ବ୍ୟକ୍ତିଗଣ ତାଙ୍କ ଫଟୋଚିତ୍ରରେ ପୁଷ୍ପ ପ୍ରଦାନ ପୂର୍ବକ ନିଜର ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ । ଏହି ଶ୍ରଦ୍ଧାଞ୍ଜଳି ସଭାରେ ନିହାର ରଞ୍ଜନ ପତି, ସ୍ତମ୍ଭକାର ସମନ୍ୱୟ ନନ୍ଦ, ସ୍ତମ୍ଭକାର ଅନୀଲ ବିଶ୍ୱାଳ, ଅଶୋକ ସାହୁ, ଅଧିବକ୍ତା ଲକ୍ଷ୍ମୀଧର ଦାଶ, ନାରାୟଣ ଦାସ ମାଓ୍ୱତଓ୍ୱାଲ, ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘ, ଓଡିଶା ପୂର୍ବ ପ୍ରାନ୍ତର ସହପ୍ରଚାର ପ୍ରମୁଖ ସୁମନ୍ତ କୁମାର ପଣ୍ଡା ଆଦି ଉପସ୍ଥିତ ଥିଲେ । କାର୍ଯ୍ୟକ୍ରମ ଶେଷରେ ସ୍ୱର୍ଗତ ଆତ୍ମାର ସଦ୍‌ଗତି କାମନା କରି ଏକ ମିନିଟ ନିରବ ପ୍ରାର୍ଥନା ଆୟୋଜିତ ହୋଇଥିଲା ।




# ଆନ୍ଦୋଳନର ଡାକରା ଦେବାରୁ ଶାସନ ବ୍ୟବସ୍ଥାର ନାଲି ଆଖି

ରାଉରକେଲା, (ପିଏନ)- ରାଉରକେଲା ଶିଶୁ ବିକାଶ ଯୋଜନା ଅଧିନରେ କାର୍ଯ୍ୟରତ ଅଙ୍ଗନବାଡି କର୍ମୀ ମାନଙ୍କ ଭିତରୁ କାର୍ଯ୍ୟରେ ଅବହେଳା ଅଭିଯୋଗରେ ସେ ସମୟର ଉପଜିଲ୍ଲାପାଳ ଓ ବର୍ତମାନର ସୁନ୍ଦରଗଡ ଏଡିଏମ ୪ ଜଣ ଅଙ୍ଗନବାଡି କର୍ମଚାରୀଙ୍କୁ କାର୍ଯ୍ୟରୁ ବହିଷ୍କାର କରିବାର ୨୦ ମାସ ବିତିଲାଣି । ସମ୍ପୃକ୍ତ ୪ ଜଣ ଅଙ୍ଗନବାଡି କର୍ମଚାରୀ ନ୍ୟାୟ ଭିକ୍ଷା କରିବାକୁ ଯାଇ ସୁନ୍ଦରଗଡ ଜିଲ୍ଲାପାଳଙ୍କ ଅଫିସ ଠାରୁ ଆରମ୍ଭକରି ସୁନ୍ଦରଗଡ ଏଡିଏମ, ରାଉରକେଲା ଏଡିଏମଙ୍କ ଅଫିସକୁ ଦଉଡି ଦଉଡି ନ୍ୟାୟ ନପାଇ ଆଗାମୀ ୨୭ ତାରିଖ କିମ୍ବା ନଭେମ୍ବର ୩ ତାରିଖରୁ ଆନ୍ଦୋଳନକୁ ଓହ୍ଲାଇବାକୁ ନିଷ୍ପତି ନେବା ସହ ଏନେଇ ଜିଲ୍ଲା ପ୍ରଶାସନକୁ ଜଣାଇବା ପରେ ଜିଲ୍ଲା ପ୍ରଶାସନ ସେମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ ନାଲିଆଖି ଦେଖାଇଥିବାର ଅଭିଯୋଗ ହୋଇଛି ।

ଖବରରୁ ଜଣାପଡିଛି ଯେ, ଏକ ଆନ୍ଦୋଳନରେ ସାମିଲ ହେବା, କାର୍ଯ୍ୟରେ ଅବହେଳା ନେଇ ୨୦୧୯ ମସିହାରେ ମାନସି ଦାସ, ସାବିତ୍ରୀ ରଣା, ବାସନ୍ତୀ ସେଠୀ, ଅଞ୍ଜଳି ପଟେଲ ନାମକ ୪ ଜଣ ମହିଳା କର୍ମୀଙ୍କୁ ସେ ସମୟର ପାନପୋଷ ଉପଜିଲ୍ଲାପାଳ ଚାକିରୀରୁ ବହିଷ୍କାର କରିଥିଲେ ।୧୧-୧-୨୦୧୯ରୁ ଏମାନଙ୍କୁ ବହିଷ୍କାର କରାଜିବା ପରେ ଏମାନେ ନ୍ୟାୟ ପାଇବା ଲାଗି ବାରମ୍ବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଦ୍ୱାରସ୍ଥ ହୋଇଥିଲେ ।ପରେ ସେମାନେ ଅନ୍ୟାନ୍ୟ ଅଧିକାରୀ ମାନଙ୍କ ପାଖକୁ ମଧ୍ୟ ଯାଇଥିଲେ, ମାତ୍ର ସେମାନଙ୍କର ସମସ୍ୟାକୁ ସମାଧାନ ଆଜିଯାଏ କରାଗଲା ନାହିଁ । ତେବେ ରାଜ୍ୟ ସ୍ତରରେ ଏନେଇ ନିଷ୍ପତି ହେବାପରେ ଜିଲ୍ଲାର ଅଙ୍ଗନବାଡି କର୍ମୀ ସଂଗଠନ ପକ୍ଷରୁ ଆନ୍ଦୋଳନ ଲାଗି ନୋଟିସ୍ ଦେବାପରେ ରାଉରକେଲା ଆଇସିଡିଏସ ଅଧିକାରୀ ତାଙ୍କ ଚିଠି ରେ ରାଉରକେଲାର କର୍ମୀ ମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ କହିବା ସହ ବହିଷ୍କୃତ କର୍ମୀ ମାନଙ୍କ ସହ ଆନ୍ଦୋଳନକୁ ଗଲେ କଠୋର କାର୍ଯ୍ୟାନୁଷ୍ଠାନ ନିଆଜିବ ବୋଲି କହିଥିବା ଅଭିଯୋଗ ହୋଇଛି । ଏହି ଖବର ଆସିବା ପରେ ଏହା ଗଣତନ୍ତ୍ରର କେଉଁ ନୀତି ବୋଲି ଏବେ ସାଧାରଣରେ ଆଲୋଚନା ହେଉଛି । ଗଣତନ୍ତ୍ରରେ ସମସ୍ତଙ୍କର ନୀରବତା ଓ ଶାନ୍ତିଶୃଙ୍ଖଳାର ସହ ଆନ୍ଦୋଳନ କରିବାର ଅଧିକାର ରହିଛି, କିନ୍ତୁ ଏଭଳି ନିର୍ଦ୍ଦେଶନାମା ବିଭିନ୍ନ ମହଲକୁ ଆଶ୍ଚର୍ଯ୍ୟ କରିଛି । ସମସ୍ତଙ୍କ ମୁହଁରେ ଗୋଟିଏ କଥା ଏ କି ପ୍ରକାର ଶାସନ ? ଅନ୍ୟପକ୍ଷରେ ଏହି ଅଙ୍ଗନବାଡି ସଂଗଠନ ବିଏମଏସ ସମର୍ଥରେ ରହିଥିବା ବେଳେ ବିଏମଏସର ଜିଲ୍ଲାସ୍ତରର କୌଣସି ନେତା ମଧ୍ୟ ଏନେଇ ମୁହଁ ନଖୋଲିବା ସଂଗଠନର ଦଳୀୟ ଏକତା ଉପରେ ଲାଗାଇଛି ବଡ ପ୍ରଶ୍ନବାଚୀ ।

ଏନେଇ ବିଜେପିର ରାଜ୍ୟ ମୁଖପାତ୍ର ଧୀରେନ ସେନାପତିଙ୍କୁ ଯୋଗାଯୋଗ କରାଜିବାରୁ ସେ କହିଲେ , ଏମାନେ ପଲିଟିକାଲ ଆକ୍ରୋଶର ଶୀକାର ହୋଇଛନ୍ତି । ସେମାନେ ଦଳ ସହ ସିଧା ସଳଖ ସମ୍ପୃକ୍ତ ନୁହନ୍ତି, ବିଏମଏସ ସହ ସେମାନେ ରହିଛନ୍ତି, ମୁଖ୍ୟମନ୍ତ୍ରୀ ସବୁ ବେଳେ ମହିଳାଙ୍କ କଥା କହିବା ସହ ସେମାନଙ୍କ ସୁରକ୍ଷା କଥା କହୁଛନ୍ତି , କିନ୍ତୁ ୨୦ ବର୍ଷ ଚାକିରୀ କଲାପରେ ଜଣେ ମହିଳାଙ୍କୁ କୌଣସି ଠୋସ୍ ପ୍ରମାଣ ନଥାଇ ବହିଷ୍କାର କରିଦେବା ତାହା କିଭଳି ନ୍ୟାୟ ବୋଲି ଶ୍ରୀ ସେନାପତି ପ୍ରଶ୍ନ କରିଛନ୍ତି । ଜଦି ଏନେଇ ଆଇସିଡିଏସ ଏଭଳି କିଛି କହିଛି ତେବେ ବିଜେପି ପ୍ରତିନିଧି ଦଳ ତାଙ୍କୁ ଭେଟିବ ବୋଲି ସେ ପ୍ରକାଶ କରିଛନ୍ତି । ସର୍ବୋପରି ଗଣତନ୍ତ୍ରରେ ସମସ୍ତଙ୍କର ଅଧିକାର ରହିଛି ନିଜର ସମସ୍ୟାର ସମାଧାନ କରିବାକୁ ସେମାନେ ଆଗକୁ ଆସିପାରିବେ, ସେମାନଙ୍କୁ ନାଲି ଆଖି ଦେଖାଇବା ଠିକ୍ ନୁହେଁ ।

ସେହିଭଳି ବିଜେପି ନେତା ନିହାର ରାୟ କହିଛନ୍ତି, ନିଜର ହକ୍ ମାଗିବାକୁ ଗଲେ ଏଭଳି କଥା ଯଦି କୁହାଜିବ ତେବେ ତାହା ଦୁର୍ଭାଗ୍ୟଜନକ କଥା, ଯଦି ସେମାନେ ଆନ୍ଦୋଳନକୁ ଜିବେ ତାଙ୍କୁ ବିଜେପି ତରଫରୁ ସମସ୍ତ ପ୍ରକାର ସହଯୋଗ କରାଜିବ ବୋଲି ସେ ପ୍ରକାଶ କରିଛନ୍ତି ।

# ଜୀବନ କୌଶଳ ଶିକ୍ଷା ମାଧ୍ୟମରେ ରକ୍ତହୀନତା ଦୂର ନିମନ୍ତେ ପ୍ରୟାସ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଅପହଂଚ ଇଲାକା ବାଲନ୍ଦାପଡା, ଲୁଇସିଙ୍ଗି, କୁଏରମାଣ୍ଡୁ ଓ ପାହିରାଜୁ ଅଂଚଳର ୪୦ ଜଣ କିଶୋରୀ ବାଳିକାଙ୍କୁ ନେଇ ୨ ଦିନିଆ ଜୀବନ କୌଶଳ ଶିକ୍ଷା ସମ୍ବନ୍ଧୀୟ ତାଲିମ୍ ଆୟୋଜିତ ହୋଇଯାଇଅଛି । ସ୍ୱେଚ୍ଛାସେବୀ ଅନୁଷ୍ଠାନ ସ୍ୱାତୀ ଓ କ୍ରାଏ, କୋଲକାତାଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିଶୁ ମାନଙ୍କର ଅଧିକାର, ଯୌନ ପ୍ରଜନନ ସ୍ୱାସ୍ଥ୍ୟ, ସ୍ୱାସ୍ଥ୍ୟ ଓ ପୁଷ୍ଟି ଶିକ୍ଷା, ଫଳପ୍ରଦ ଯୋଗାଯୋଗ, ଆବେଗ ଜନିତ ଶିକ୍ଷା, ହିଂସା ଓ ଏହାର ପ୍ରକାର ଭେଦ ଇତ୍ୟାଦି ବିଷୟକୁ ଗୁରୁତ୍ୱ ଦେଇ କିଶୋରୀ ମାନେ ଆଗାମୀ ଦିନରେ କିପରି ସୁସଂଗଠିତ ହୋଇ ବାଲ୍ୟ ବିବାହ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାରକୁ ରୋକି ପାରିବେ ତାହା ପ୍ରୟାସ କରାଯାଇଥିଲା । ତାଲିମର ଉଦ୍‌ଯାପନି ଦିବସରେ ଫିରିଙ୍ଗିଆ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ମଞ୍ଜୁଳା ପ୍ରଧାନ ଯୋଗଦେଇ ଜୀବନ କୌଶଳ ଶିକ୍ଷା ମାଧ୍ୟମରେ କିଶୋରୀମାନେ ସଚେତନ ହୋଇ ଅଙ୍ଗନୱାଡି କେନ୍ଦ୍ରକୁ ଆସୁଥିବା ବିଭିନ୍ନ ସୁବିଧା ସୁଯୋଗକୁ ହାତେଇ ପାରିବେ ତା ଉପରେ ଗୁରୁତ୍ୱ ଦେଇଥିଲେ । ତତ୍ ସହିତ ପ୍ରତି ସପ୍ତାହର ଶନିବାର ଅଙ୍ଗନୱାଡି କେନ୍ଦ୍ରରେ ଆୟୋଜିତ ହେଉଥିବା କିଶୋରୀ ସ୍ୱାସ୍ଥ୍ୟ ଦିବସରେ ଅଧିକରୁ ଅଧିକ ଯୋଗଦାନ କରି ସ୍ୱାସ୍ଥ୍ୟ ସମ୍ପର୍କୀତ ଶିକ୍ଷା ଗ୍ରହଣ କରିବା ସହିତ ରକ୍ତହୀନତା ଦୂର କରିବା ପାଇଁ ଲୌହ ବଟିକା ନିୟମିତ ସେବନ ନିମନ୍ତେ ଆହ୍ୱାନ ଦେଇଥିଲେ । ଏଥି ସହିତ ବନ୍ଧଗଡ ସେକ୍ଟରର ସୁପରଭାଇଜର ଶ୍ରୀମତି ସଜିତା ସାହୁ ଯୋଗଦେଇ କୋରୋନା ସମୟରେ ସରକାରଙ୍କର ନିୟମକୁ ମାନି ସାମାଜିକ ଦୂରତା, ମାସ୍କର ନିଶ୍ଚିତ ବ୍ୟବହାର ଓ ବାରମ୍ବାର ହାତ ଧୋଇବା ସହିତ ସମସ୍ତ ପ୍ରକାରର ପ୍ରତିଷେଧକ ବ୍ୟବସ୍ଥା ଗ୍ରହଣ କରିବା ନିମନ୍ତେ ପରାମର୍ଶ ଦେଇଥିଲେ । ସ୍ୱାତୀର ସମ୍ପାଦକ ଇଂ ହରିଶଙ୍କର ରାଉତ ଉପସ୍ଥିତ ରହି ତାଲିମାର୍ଥୀ ମାନଙ୍କୁ ଜୀବନରେ ବିଭିନ୍ନ ସମୟରେ ଆସୁଥିବା ସଙ୍କଟ ଓ ମହିଳା ମାନଙ୍କ ଉପରେ ଲଦିଦିଆଯାଉଥିବା ଅଧିକ ଦାୟିତ୍ୱକୁ କିଭଳି ତୁଲାଇବାକୁ ହୁଏ ତାହା ଆଶା କର୍ମୀ ଓ ଅଙ୍ଗନୱାଡି କର୍ମୀଙ୍କ ନିକଟରୁ ଶିଖିବା ନିମନ୍ତେ ଉପଦେଶ ଦେଇଥିଲେ । ତାଲିମ୍ କାର୍ଯ୍ୟକ୍ରମରେ ତାଲିମ୍ ଦାତା ଭାବରେ ଶସ୍ମିତା ବେହେରା, ସରସ୍ୱତୀ ବିନ୍ଧାଣୀ, ପ୍ରଦୀପ କୁମାର ସ୍ୱାଇଁ ଓ ବିଶ୍ୱରଞ୍ଜନ କର ତାଲିମ୍ ପ୍ରଦା କରିଥିବା ବେଳେ ନିହାରିକା ବେହେରା ତାଲିମ୍ ପରିଚାଳନା କରିଥିଲେ ।

# ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଲିମେଳା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଲିମେଳା ବ୍ଲକ ଦୂର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି । ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ୍ୟ ପିଇବାକୁ ବାଧ ହେଉଛନ୍ତି । ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ୍ୟ ତାହା ଏବେ ଅକାମୀ ହୋଇପଡ଼ି ରହିଛି । ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି । ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି । -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ୍ୟ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି । ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରା ଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି । ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପର୍ଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା । ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

# ଦୁର୍ନୀତି ବିରୋଧରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ ଦାବି କଲେ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳର ଅଧାପକ ଓ ଅଧାପିକା

ବାରିପଦା, (ପିଏନ)-ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧ୍ୟକ୍ଷ ଆଦିକନ୍ଦ ଦେଙ୍କ ବିରୋଧରେ ମହାଦୁର୍ନୀତିର ଅଭିଯୋଗ ଆଣି ଘଟଣା ଉପରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ କରିବା ଦାବିରେ ଆଜି ମହାବିଦ୍ୟାଳୟର ଅରବିନ୍ଦ ସେଠୀ, ସମୀର କୁମାର ନାୟକ, ହରପ୍ରିୟା ବେହେରା, ଗୀତିକା ଜେନା, ଜ୍ୟୋତିଶା ମାଝି, ମଧୁସ୍ମିତା ପାତ୍ର, ମନୋଜ ଦଳେଇ, ଗୌରାଙ୍ଗଚନ୍ଦ୍ର ମହାପାତ୍ର, ରାଜୀବ କୁମାର ଗିରି, ତପନ କୁମାର ସାହୁ, ଶୁଭଶ୍ରୀ ନନ୍ଦ, ବିପୀନ ବିହାରୀ ସିଂ, ପଙ୍କଜ କୁମାର ପଣ୍ଡା ପ୍ରମୁଖ ଅଧାପକ, ଅଧାପିକା ପ୍ରମୁଖ ଜିଲ୍ଲାପାଳ ଶ୍ରୀଭରଦ୍ୱାଜଙ୍କୁ ସାକ୍ଷାତ କରି ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧାପକ ଓ ଅଧାପିକାମାନଙ୍କ ଅଭିଯୋଗ ଆଧାରରେ ଅଧ୍ୟକ୍ଷ ଶ୍ରୀଦେ ଶହେ କିମ୍ବା ହଜାରେ ନୁହେଁ, ଲକ୍ଷ ଲକ୍ଷ ଟଙ୍କାର ଦୁର୍ନୀତି କରିଛନ୍ତି । ସମସ୍ତଙ୍କୁ ଚୁନ ଲଗାଇ ଏହି ସମସ୍ତ ଟଙ୍କାକୁ ଚଲୁ କରିଛନ୍ତି ମହାବିଦ୍ୟାଳୟର ଅଧ୍ୟକ୍ଷ । ତାହା ପୁଣି ୟୁଜିସି ପକ୍ଷରୁ ମହାବିଦ୍ୟାଳୟକୁ ଆସିଥିବା ଅନୁଦାନ ସହ ମହାବିଦ୍ୟାଳୟରେ କାର୍ଯ୍ୟରତ ଅଧାପକ, ଅଧାପିକ ଓ କର୍ମଚାରୀମାନଙ୍କ ଏରିଆର ଟଙ୍କା, ଅନୁସୂଚିତ ଜାତି ଓ ଜନଜାତି ଛାତ୍ରଛାତ୍ରୀମାନଙ୍କ ଷ୍ଟାଇପେଣ୍ଡ ଟଙ୍କା ସହ ମହାବିଦ୍ୟାଳୟର ପାଣ୍ଠି ଆଦି । ଏହାକୁ ନେଇ ବିବାଦ ଘେରରେ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେ । ଏହି ସମସ୍ତ ଅଭିଯୋଗକୁ ନେଇ ମହାବିଦ୍ୟାଳୟର ଅଧାପକ ସମୀର ରଞ୍ଜନ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ନିକଟରେ ଅଭିଯୋଗ କରିଥିଲେ ଏବଂ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ କପ୍ତିପଦା ଉପଜିଲ୍ଲାପାଳ ଭଗବାନ ବେହେରା ଗତ କାଲି ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟରେ ପହଁଞ୍ଚିଥିଲେ । ଉପଜିଲ୍ଲାପାଳ ତଦନ୍ତ ଶେଷ କରି ଫେରିବା ସମୟରେ ମହାବିଦ୍ୟାଳୟର ଫାଟକ ସମ୍ମୁଖରେ ତଦନ୍ତ ରିପୋର୍ଟ ସାର୍ବଜନୀନ କରାଯିବା ଦାବିରେ ମହାବିଦ୍ୟାଳୟର ଛାତ୍ର ଓ ଅନ୍ୟ ଜଣେ ସ୍ଥାନୀୟ ବ୍ୟକ୍ତି ଜାତୀୟ ପତକା ଧରି ରାସ୍ତା ଅବରୋଧ କରିବା ସହ ଗାଡ଼ି ସମ୍ମୁଖରେ ଶୋଇ ଧାରଣାରେ ବସିଥିଲେ । ଉକ୍ତ ଘଟଣାରେ ଆଜି ଉଦଳା ଥାନା ଦାୟିତ୍ୱରେ ଥିବା ଖୁଣ୍ଟା ଥାନା ଆଇଆଇସି ସ୍ୱର୍ଣ୍ଣଲତା ମିଞ୍ଜ ଅଧାପକ ମନ୍ମଥ କୁମାର ପଣ୍ଡା(୪୮), ସୁଶାନ୍ତ କୁମାର ମଲ୍ଲିକ(୨୦) ଓ ରଞ୍ଜିତ୍ କୁମାର ବିଶ୍ୱାଳ(୨୪)ଙ୍କୁ ଆଇପିସି ଧାରା ୩୪୧, ୩୪୨, ୩୫୩, ୨୬୮, ୨୬୯, ୨୭୦, ୧୮୬, ୧୮୮ ଓ ୩୪ ସହ ୧୯୮୭ ମହାମାରୀ ଆକ୍ଟ-୩ ଓ ବିପର୍ଯ୍ୟୟ ପରିଚାଳନା ଆକ୍ଟ-୨୦୦୫ ଧାରା ୫୬ରେ (କେଶ ନମ୍ବର ୨୩୯/ ୨୦୨୦) ଗିରଫ କରି କୋର୍ଟ ଚାଲାଣ କରିଥିବା ସମୟରେ ମହାବିଦ୍ୟାଳୟର ଅଧାପକ, ଅଧାପିକାମାନେ ଥାନାରେ ଦେଇଥିବା ଅଭିଯୋଗ ଉପରେ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରିନାହିଁ । ଅଧିକନ୍ତୁ, ବିଭିନ୍ନ ସମୟରେ ବାହାରର ବ୍ୟକ୍ତି ଓ ମହିଳାମାନଙ୍କୁ ଲଗାଇ ଅଧ୍ୟକ୍ଷ ଶ୍ରୀଦେ ମହାବିଦ୍ୟାଳୟ ପରିସରରେ ଅଧାପକ, ଅଧାପିକାମାନଙ୍କୁ ଧମକଚମକ ଦେବା ସହ ଜଣେ ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଅଧାପିକା ମହାବିଦ୍ୟାଳୟକୁ ଆସୁଥିବା ସମୟରେ ରାସ୍ତାରେ ଲୋକ ଲଗାଇ ଜାତିଆଣା ଆକ୍ଷେପ ସହ ଅଶାଳୀନ ଭାଷାରେ ଗାଳିଗୁଲଜ ଓ ଧମକ ଚମକ ଦେଇଥିଲେ । କେବଳ ଏତିକି ନୁହେଁ ଅଧ୍ୟକ୍ଷ ଶ୍ରୀଦେ ତାଙ୍କ ଭାଇ ଓ ପୁଅଙ୍କୁ ମହାବିଦ୍ୟାଳୟରେ ନିଯୁକ୍ତି ପ୍ରଦାନ କରିଛନ୍ତି । ସେମାନେ ମହାବିଦ୍ୟାଳୟକୁ ଆସୁନଥିବା ବେଳେ ପ୍ରତ୍ୟେକ ମାସ ଦରମା ଉଠାଯାଉଛି । ପୁଣି କେତେକ ଅଧାପକଙ୍କ ଅଗୋଚରରେ ସ୍ୱାକ୍ଷରକୁ ନକଲ କରି କରାଯାଇ ଟଙ୍କା ଉଠାଯାଇଛି । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେଙ୍କ ନାମରେ ଏହିପରି ବିଭିନ୍ନ ସଙ୍ଗୀନ ଅଭିଯୋଗ ଆଣି ମହାବିଦ୍ୟାଳୟର ଅଧାପକ, ଅଧାପିକାମାନେ ବାରମ୍ବାର ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଆସୁଥିବା ସମୟରେ ଆଜି ଜିଲ୍ଲାପାଳଙ୍କୁ ଭେଟି ନିଜର ଅଭିଯୋଗ ଜଣାଇଛନ୍ତି । ତେବେ ଏହାର ଶେଷ କେଉଁଠି ତାହାକୁ ନେଇ ଉଠିଛି ପ୍ରଶ୍ନ । ଅଧ୍ୟକ୍ଷ ଓ ଅଧାପକମାନଙ୍କ ମଧ୍ୟରୁ ବଳି ପଡ଼ିବ କିଏ । ଏହି ବିବାଦ ମଧ୍ୟରେ ସତ୍ୟର ଜୟ ହେଉଛି ନା ଅସତ୍ୟର ଜୟ ହେଉଛି , ତାହା କେବଳ ପରବର୍ତି ସମୟ ହିଁ କହିବ ।

## ପୋଖରୀରୁ ମୃତଦେହ ଉଦ୍ଧାର

ନୂଆପଡା, (ପିଏନ)- ନୂଆପଡା ଜିଲ୍ଲା ଖଡିଆଳ ବିଜ୍ଞାପିତ ଅଂଚଳ ପରିଷଦ ଅନ୍ତର୍ଗତ ୧ ନଂ ୱାର୍ଡ ମୁକ୍ତାପୁର ଗ୍ରାମର ମୁକ୍ତାସାଗରରୁ ଏକ ମୃତ ଦେହକୁ ଖଡିଆଳ ପୁଲିସ ଉଦ୍ଧାର କରିଛି । ମୃତ ଯୁବକ ଜଣକ ଖଡିଆଳ ବ୍ଲକ ବାଦୀ ପଂଚାୟତ ଅନ୍ତର୍ଗତ ଜୁନାନୀ ଗ୍ରାମର ବ୍ରଜମୋହମ ନାଗ (୪୫) ବୋଲି ଜଣାପଡିଛି । ସୂଚନା ମତେ ବ୍ରଜମୋହନ ଗତକାଲି ଠାରୁ ନିଖୋଜ ଥିଲେ । ପରିବାର ଓ ସମ୍ପର୍କୀୟ ଖୋଜାଖୋଜି ପରେ ମଧ୍ୟ ତାଙ୍କୁ ପାଇନଥିଲେ । ଗୁରୁବାର ସକାଳ ସମୟରେ ସ୍ଥାନୀୟ ମୁକ୍ତାସାଗର ପୋଖରୀରେ ଭାସୁଥିବାର ଖବର ପାଇ ପୁଲିସକୁ ଖବର ଦେଇଥିଲେ । ପୁଲିସ ଦମକଳ ବାହିନୀର ସହାୟତାରେ ଉଦ୍ଧାର କରିଥିଲା । ଏନେଇ ଖଡିଆଳ ଥାନାରେ ଏକ ଅପମୃତ୍ୟୁ ମାମଲା ରୁଜୁ ହୋଇଥିବା ବେଳେ ଶବକୁ ବ୍ୟବଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରଯାଇଥିବା ସୂଚନା ମିଳିଛି । ଅନ୍ୟପକ୍ଷରେ ବ୍ରଜମୋହନଙ୍କ ପରିବାର ଲୋକେ ତାଙ୍କୁ ହତ୍ୟା କରାଯାଇ ପୋଖରୀରେ ଫିଙ୍ଗି ଦେଇଥିବା ନେଇ ଅଭିଯୋଗ କରିଛନ୍ତି । ହିନ୍ଦୁସ୍ଥାନ ସମାଚାର/ହେମନ୍ତ/ଭାନୁ

## ପିଆଜ ଦର କମୁନି- ଚିନ୍ତାରେ ଖାଉଟି

ନୂଆପଡା, (ପିଏନ) ନୂଆପଡା ଜିଲ୍ଲାରେ ୧ ମାସରୁ ଅଧିକ ହେବ ପିଆଜ ଦର କମୁନଥିବା ଅଭିଯୋଗ ହେଉଛି । ପିଆଜ ଦର କେଜି ପ୍ରତି ୨୦ ଟଙ୍କା ଦରରେ ବିକ୍ରୟ କରାଯାଉଥିଲା । ହେଲେ ହଟାତ ଦର ବୃଦ୍ଧି ପାଇ ୬୦ ରୁ ୮୦ ଟଙ୍କା ରେ ବିକ୍ରୟ କରାଯାଉଛି । ଦୋକାନୀ ମାନେ କେଜି ପ୍ରତି ୬୦ ଟଙ୍କାରେ ପିଆଜକୁ ବିକ୍ରୟ କରୁଥିବା ବେଳେ ବଜାରର ବେପାରୀ ମାନେ ୭୦ ରୁ ୮୦ ଟଙ୍କାରେ ପିଆଜକୁ ବିକ୍ରୟ କରୁଛନ୍ତି । ହଟାତ ପିଆଜ ଦର ବୃଦ୍ଧି ଖାଉଟିଙ୍କୁ ବାଧୁଥିବା ବେଳେ ଦରକୁ ଦେଖି ଖାଉଟି ଆବଶ୍ୟକ ପରିମାଣରେ ପିଆଜ କିଣିକି ନେଉନଥିବା ଦେଖିବାକୁ ମିଳିଛି । ଜିଲ୍ଲା ପ୍ରଶାସନ ତୁରନ୍ତ ଦୃଷ୍ଟି ଦେଇ ପିଆଜ ଦର କମାଇବାକୁ ସାଧାରଣରେ ଦାବୀ ହେଉଛି ।

## ଗ୍ଲୋବାଲ ସ୍କୁଲ ଆୱାର୍ଡ -୨୦୨୦ ପାଇଲେ ସିନାପାଲି ଶିକ୍ଷକ

ନୂଆପଡା,(ପିଏନ)- ନୂଆପଡା ଜିଲ୍ଲା ସିନାପାଲି ବ୍ଲକ ଅନ୍ତର୍ଗତ ଜାମପାଣି ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ହୃଦାନନ୍ଦ ମେହେର ଗ୍ଲୋବାଲ୍ ସ୍କୁଲ୍ ଆୱାର୍ଡ୍ -୨୦୨୦ ପାଇଥିବା ଜଣାପଡିଛି । ତାଙ୍କୁ ଗ୍ଲୋବାଲ୍ ସ୍କୁଲ୍ ଆୱାର୍ଡ୍ ଓ ଏଜୁକେସନ୍ ଟିଭି ତରଫରୁ ଲାଇଭ୍ କନ୍‌ଫରେନ୍ସ ମାଧ୍ୟମରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ତାଙ୍କୁ ବେଷ୍ଟ ଟିଚର୍ ଅଫ୍ ଦ ଇଅର -୨୦୨୦ ଭାବରେ ପୁରସ୍କୃତ କରାଯାଇଥିଲା । ଶ୍ରୀମେହେରଙ୍କ ଏଭଳି ସଫଳତାକୁ ନେଇ ବିଭିନ୍ନ ମହଲରୁ ଶୁଭେଚ୍ଛାର ସୁଅ ଛୁଟୁ ଥିବା ଦେଖିବାକୁ ମିଳିଛି । ପ୍ରକାଶ ଯେ ପୂର୍ବରୁ ଶ୍ରୀମେହେର ରାଜ୍ୟ ତଥା ଜାତୀୟ ସ୍ତରରେ ବିଭିନ୍ନ ଅନୁଷ୍ଠାନ ତରପରୁ ଜଣେ ଆଦର୍ଶ ଶିକ୍ଷକ ଭାବରେ ସମ୍ମାନୀତ ହୋଇ ଚର୍ଚ୍ଚାରେ ରହି ଆସିଛନ୍ତି । ଗ୍ରାମା ଂଳରେ ପ୍ରାଥମିକ ଶିକ୍ଷାର ବିସ୍ତାର, ଆଦିବାସୀ ଓ ଦାଦନ ପ୍ରବଣ ଅଂଚଳରେ ପ୍ରାଥମିକ ଶିକ୍ଷାର ବିକାଶ ପାଇଁ ସଫଳ ଉଦ୍ୟମ ଓ ପ୍ରଚେଷ୍ଟା, ନୂତନ ଓ ଅଭିନବ ଶିକ୍ଷା ପଦ୍ଧତି ଏବଂ ଶିକ୍ଷକ ସଂଗଠନରେ ସଫଳ ନେତୃତ୍ୱ ପାଇଁ ତାଙ୍କୁ ଏହି ପୁରସ୍କାର ପ୍ରଦାନ କରାଯାଇଥିବା ଜଣାପଡିଛି । ଜଣେ ଶିକ୍ଷକ ସଂଗଠକ, ସିଆର୍‌ସିସି ଭାବରେ ସେ ସୁପରିଚିତ । କିଛି ମାସ ତଳେ ତାଙ୍କୁ ଗାନ୍ଧୀଜୀଙ୍କ ନୀତି ଓ ଆଦର୍ଶର ପ୍ରଚାର ପ୍ରସାର ପାଇଁ ଭୁବନେଶ୍ୱର ସ୍ଥିତ ଗାନ୍ଧୀ ଶାନ୍ତି ଫାଉଣ୍ଡେସନ୍ ତରଫରୁ ସମ୍ମାନ ସୂଚକ ଡକ୍ଟରେଟ୍ ଉପାଧି ପ୍ରଦାନ କରାଯାଇଥିଲା ।

## ସିନାପାଲି ହାଇସ୍କୁଲ ଶିକ୍ଷକଙ୍କ ପରଲୋକ

ନୂଆପଡା, (ପିଏନ) ନୂଆପଡା ଜିଲ୍ଲା ଅନ୍ତର୍ଗତ ସିନାପାଲି ସ୍ଥିତ ନୋଡାଲ ଉଚ୍ଚ ବିଦ୍ୟାଳୟର ବରିଷ୍ଠ ଶିକ୍ଷକ ବୀର ମେହେର(୫୫)ଙ୍କ ଗୁରୁବାର ପୂର୍ବାହ୍ନରେ ହାତୀବନ୍ଧା ସ୍ଥିତ ତାଙ୍କ ବାସଭବନରେ ପରଲୋକ ଘଟିଛି । ସେ ଶାରୀରିକ ସୁସ୍ଥ ଥିବା ବେଳେ ଆଜି ହଠାତ୍ ଅସୁସ୍ଥ ଅନୁଭବ କରି ହଠାତ୍ ଟଳିପଡି ତାଙ୍କର ପ୍ରାଣବାୟୁ ଉଡି ଯାଇଥିଲା । ତାଙ୍କ ପୈତୃକ ଭିଟାମାଟି ହାତୀବନ୍ଧା ସ୍ଥିତ ଶ୍ମଶାନ ଭୂମିରେ ଶବସତ୍କାର କରାଯାଇଛି ।

# ଡ଼ଃ.ଶ୍ରୀଧର ସାମଲଙ୍କ କବିତା ସଙ୍କଳନ ପୁସ୍ତକ ନିଃଶବ୍ଦ ଆଳାପ ଲୋକାର୍ପିତ




କେନ୍ଦ୍ରାପଡା,(ପିଏନ)- କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ପ୍ରାଧ୍ୟାପକ ଡ଼ଃ.ଶ୍ରୀଧର ସାମଲଙ୍କ ଦ୍ୱାରା ରଚିତ ପୁସ୍ତକ "ନିଃଶବ୍ଦ ଆଳାପ"କୁ ଶୁକ୍ରବାର ସ୍ଥାନୀୟ ଭାରତୀ ବିଦ୍ୟା ମନ୍ଦିର ପରିସରରେ ଅନୁଷ୍ଠିତ ଉତ୍ସବରେ ଲୋକାର୍ପଣ କରାଯାଇଛି । ଏହି ଉପଲକ୍ଷେ ଅବସରପ୍ରାପ୍ତ ପ୍ରାଧ୍ୟାପକ ମୋହନ ଚରଣ ଜେନାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଭୁବନେଶ୍ୱରର ବନଫୁଲ ପ୍ରକାଶନୀ ଦ୍ୱାରା ପ୍ରକାଶିତ ପୁସ୍ତକ ଲୋକାର୍ପଣ ଉତ୍ସବରେ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରାଧ୍ୟାପକ ଡ଼ଃ.ରାଜେନ୍ଦ୍ର ପ୍ରସାଦ ତ୍ରିପାଠୀ, ପ୍ରାଧ୍ୟାପକ ନନ୍ଦ କିଶୋର ପରିଡା, ଓଡିଶା ସାହିତ୍ୟ ଏକାଡେମୀର ସଦସ୍ୟ ସରୋଜ କୁମାର ମହାନ୍ତି, ସାହିତ୍ୟିକ ଡ଼ଃ.ବାସୁଦେବ ଦାସ, ପ୍ରାଧ୍ୟାପକ ତପନ କୁମାର ପତି ପ୍ରମୁଖ ଯୋଗଦେଇ କବି ଡ଼ଃ.ସାମଲଙ୍କ ରଚିତ କବିତା ସଙ୍କଳନ ପୁସ୍ତକ "ନିଃଶବ୍ଦ ଆଳାପ"କୁ ଲୋକାର୍ପିତ କରିଥିଲେ । ପୁସ୍ତକ ରଚୟିତା ଡ଼ଃ.ସାମଲ ଏକାଧାରରେ ଜଣେ କବି, ପ୍ରାବନ୍ଧିକ,ସୁବକ୍ତା ଓ ପ୍ରକୃତିପ୍ରିୟ ମଣିଷ । ବିଶ୍ୱ ବିଖ୍ୟାତ ପର୍ଯ୍ୟଟନକ୍ଷେତ୍ର ଭିତରକନିକା ଉପରେ ନିବନ୍ଧ ରଚନା କରିବା ସହ ଆକାଶବାଣୀ,କଟକ କେନ୍ଦ୍ରରେ ସୁବକ୍ତା ଭାବରେ ତାଙ୍କର ଉପଲବ୍ଧି ସବୁଠି ରହିଛି । ତାଙ୍କର ଅନେକ ନିବନ୍ଧ ଜାତୀୟ ଓ ଅନ୍ତର୍ଯ୍ୟାତୀୟ ପତ୍ରପତ୍ରିକାରେ ପ୍ରକାଶ ପାଇ ବିପୁଳ ପାଉଠକୀୟତା ଅର୍ଜ୍ଜନ କରିଛି । ଡ଼ଃ.ସାମଲ ଅଧୁନା କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଭୁଗୋଳ ବିଭାଗର ପ୍ରାଧ୍ୟାପକ ତଥା ବିଭାଗୀୟ ମୁଖ୍ୟ ଭାବେ କାର୍ଯ୍ୟରତ ଓ ଇନ୍ଦିରାଗାନ୍ଧୀ ଜାତୀୟ ମୁକ୍ତ ବିଶ୍ୱ ବିଦ୍ୟାଳୟ(ଇଗ୍ନୋ), ନୂଆଦିଲ୍ଲୀର ସଂଯୋଜକ ଏବଂ ଓଡିଶା ସରକାରଙ୍କ ବାଳିକା ଆତ୍ମ ସୁରକ୍ଷା କାର୍ଯ୍ୟକ୍ରମର ଜିଲ୍ଲା ସଂଯୋଜକ ଅଛନ୍ତି । ତାଙ୍କର ଏହି ଭିନ୍ନ ସ୍ୱାଦର କବିତା ସଙ୍କଳନଟି ପାଠକ ମହଲରେ ବିଶେଷ ଆଦୃତ ହେବ ବୋଲି ବକ୍ତାମାନେ ମତବ୍ୟକ୍ତ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ଏହି ଉତ୍ସବରେ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଉପାଧ୍ୟକ୍ଷ ପ୍ରଫେସର ଗୋପାଳ ଚନ୍ଦ୍ର ବେହେରା, ମାର୍ଶାଘାଇ ମହାବିଦ୍ୟାଳୟର ଅଧ୍ୟକ୍ଷ ଡ଼ଃ. ଅମୀୟ ଜେନା, ପ୍ରାଧ୍ୟାପକ ଜତୀନ୍ଦ୍ର କୁମାର ରାଉତ, ତ୍ରିଲୋଚନ ପ୍ରଧାନ, କବି ପ୍ରେମାନନ୍ଦ ଖଣ୍ଡୁଆଳ, ବୃନ୍ଦାବନ ଦାସ, ନଳିନୀ ବେହେରା, କ୍ରୀଡା ଶିକ୍ଷକ ଜ୍ୟୋତିର୍ମୟ ଦାସ ପ୍ରମୁଖ ବହୁ ସାହିତ୍ୟପ୍ରେମୀ ଓ ବିଶିଷ୍ଟବ୍ୟକ୍ତିମାନେ ଉପସ୍ଥିତ ଥିଲେ । କୋଭିଡ ନିୟମକୁ ପାଳନ ପୂର୍ବକ ଏହି ଉତ୍ସବ ପାଳନ କରାଯାଇଥିଲା । କବି ନିରଞ୍ଜନ ମେକାପ ଶେଷରେ ଧନ୍ୟବାଦ ଅର୍ପଣ କରିଥିଲେ ।

# ପୋଲିସ କାର୍ଯ୍ୟନୁଷ୍ଠାନ ନେଉ ନଥିବା ଅଭିଯୋଗ



କେନ୍ଦୁଝର(ପିଏନ) ଝୁମ୍ପୁରା ତହସିଲ ଅନ୍ତର୍ଗତ ବସନ୍ତପୁର ପ□ାୟତର ନଈବୁଗା ପଂଚାୟତ ରାସ୍ତାକୁ କେତେକ ମୃଷ୍ଟିମେୟ ଲୋକ ଜେସିବି ମେସିନ ଦ୍ୱାରା ରାସ୍ତା କାଟି ଦେବା ଘଟଣାକୁ ନେଇ ବିବାଦ ଘନୀଭୂତ ହେବାରେ ଲାଗିଛି । ଏହି ଘଟଣାକୁ ନେଇ ଚମ୍ପୁଆ ଉପଜିଲ୍ଲାପାଳ ଝୁମ୍ପୁରା ତହସିଲଦାରଙ୍କୁ ଆଦେଶ କରି ରାସ୍ତା କାଟିଥିବା ବ୍ୟକ୍ତିଙ୍କ ବିରୁଦ୍ଧରେ ପଦକ୍ଷେପ ନେବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି । ସେହିପରି ଏହି ବେଆଇନ କାମ ପ୍ରତିବାଦରେ ସ୍ଥାନୀୟ ବସନ୍ତପୁର ସରପ□ ଲିପାରାଣୀ ନାୟକ ବାମେବାରୀ ଥାନାରେ ଲିଖିତ ଏତଲା ଦେଇଥିଲେ ହେଁ ପୋଲିସ ପକ୍ଷରୁ କାର୍ଯ୍ୟାନୁଷ୍ଠାନ ହେଉନଥିବାରୁ ଅସନ୍ତୋଷ ବଢୁଛି । ପ୍ରକାଶ ଯେ, ଉକ୍ତ ଗ୍ରାମ୍ୟ ରାସ୍ତା ୧୯୬୫ ମସିହାରୁ ଓଏମ୍‌ସି ଖଣି ପରିବହନ ପାଇଁ ବ୍ୟବହାର କରାଯାଇ ଆସୁଥିଲା । ସେହି ରାସ୍ତାରେ ଗ୍ରାମବାସୀ ମଧ୍ୟ ଯାତାୟତ କରୁଥିଲେ । ତେବେ ଦୀର୍ଘ ପ୍ରାୟ ୧୦୦ ବର୍ଷ ପରେ ୨ଜଣ ଆଦିବାସୀ ରାଇମଣୀ ଚମ୍ପିଆ ଓ ଜୟରାମ ମୁଣ୍ଡା ଚମ୍ପୁଆ ଉପଜିଲ୍ଲାପାଳଙ୍କ କୋର୍ଟରେ ତାଙ୍କ ଜମି ଉପରେ ମେସର୍ସ ତାରିଣୀ ପ୍ରସାଦ ମହାନ୍ତି ଜବର ଦଖଲ କରି ରାସ୍ତା ନିର୍ମାଣ କରି ଖଣି ପରିବହନ କରୁଥିବା ଅଭିଯୋଗ କରିଥିଲେ । ଅଭିଯୋଗ ପରେ ଏହି ରାସ୍ତା ଉପରେ ଉପଜିଲ୍ଲାପାଳ ଜମି ଚିହ୍ନଟ ପାଇଁ ପାଇଁ ଝୁମ୍ପୁରା ତହସିଲଦାରଙ୍କୁ ଆଦେଶ ଦେଇଥିଲେ । ୨୧ ତାରିଖ ଦିନ ଅତିରିକ୍ତ ତହସିଲଦାରଙ୍କ ଉପସ୍ଥିତିରେ ମାପଚୁପ କରାଯାଇଥିଲା । ଜମି ମାପଚୁପ ବେଳେ ଝୁମ୍ପୁରା ଅତିରିକ୍ତ ତହସିଲଦାର କ୍ରେସନସିୟା ତିର୍କି କହିଥିଲେ ଉପଜିଲ୍ଲାପାଳଙ୍କ ଫାଇନାଲ ଅର୍ଡର ହେବା ପର୍ଯ୍ୟନ୍ତ ଜମି ଯେପରି ଅଛି ସେପରି ରହିବ ଏବଂ ଯେପରି ବ୍ୟବହାର ହେଉଛି ସେପରି ବ୍ୟବହାର ହେବ । କିନ୍ତୁ ତାଙ୍କ ଆଦେଶକୁ ଅବମାନନା କରି କେତେକ ମୃଷ୍ଟିମେୟ ଲୋକ ରାସ୍ତା କାଟି ଦେବା ଫଳରେ ବିବାଦୀୟ ପରିସ୍ଥିତି ଦେଖାଦେଇଛି । ଜେସିବି ମେସିନ ସହାୟତାରେ ରାସ୍ତାକୁ କାଟି ଗାଁକୁ ଯୋଗାଯୋଗ ବିଚ୍ଛିନ୍ନ କରିବା ଫଳରେ ଗାଁ ଅଶାନ୍ତ ହୋିପଡିଛି । ଏହି ରାସ୍ତା ଉପରେ ଚୁଡିସାହି,ମୁଣ୍ଡାସାହି,ସାକ୍ରାଡିହି,ନଈବୁଗା ଆଦି ୧୦ଟି ସାହି ବିଚ୍ଛିନ୍ନ ହୋଇଯିବା ଫଳରେ ପାଣି,ଆମ୍ବୁଲାନ୍ସ,ଅତ୍ୟାବଶ୍ୟକ ସାମଗ୍ରୀ ଯୋଗାଣରେ ବାଧାପ୍ରାପ୍ତ ହୋଇଥିଲା । ଏହି ବେଆଇନ ରାସ୍ତା ଖୋଳା ନେଇ ସ୍ଥାନୀୟ ସରପ□ ବାମେବାରୀ ଥାନାରେ ଲିଖିତ ଅଭିଯୋଗ କରିଥିଲେ ମଧ୍ୟ ବାମେବାରୀ ପୋଲିସ ପକ୍ଷରୁ ତତ୍ପରତା ପ୍ରଦର୍ଶନ କରୁନଥିବାରୁ ଉକ୍ତ ଅ□ଳ ଅଶାନ୍ତ ହୋଇପଡିଛି । ଗତକାଲି ରାସ୍ତାର ସ୍ଥିତାବସ୍ଥା ଫେରାଇ ଆଣିବାକୁ ଝୁମ୍ପୁରା ତହସିଲଦାର ପ୍ରତିମା ପୃଷ୍ଟି ଏବଂ ଏସ୍‌ଡିପିଓ ବଡବିଲ ହିମାଂଶୁ ବେହେରାଙ୍କ ଉପସ୍ଥିତିରେ ଉଦ୍ୟମ କରିଥିଲେ ହେଁ କିଛି ଅସାମାଜିକ ଲୋକ ଗଣ୍ଡଗୋଳ କରି କାମ କରାଇ ଦେଇନଥିଲେ । ପୋଲିସ ନୀରବଦ୍ରଷ୍ଟା ସାଜି ଚୁପ ବସିଥିବାବେଳେ ଅସାମାଜିକ ଲୋକଙ୍କ ବିରୁଦ୍ଧରେ କାର୍ଯ୍ୟନୁଷ୍ଠାନ ନେଇନଥିଲା । ଏନେଇ ଉପଜିଲ୍ଲାପାଳ ଚମ୍ପୁଆ ପ୍ରତାପ ପ୍ରିତିମୟଙ୍କ ସହ ଯୋଗାଯୋଗ କରିବାରୁ ରାସ୍ତାର ମାପଚୁପ ପାଇଁ କୁହାଯାଇଥିଲା । ଯେଉଁମାନେ ରାସ୍ତା କାଟିଛନ୍ତି ତାଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ନିଆଯିବାକୁ କୁହାଯାଇଛି । ଉପ ଜିଲ୍ଲାପାଳଙ୍କ ନିର୍ଦ୍ଦେଶ ସତ୍ତ୍ୱେ ପୋଲିସ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁନଥିବାରୁ ଗତକାଲି ରାତିରେ କିଛି ଲୋକ ଉକ୍ତ ରାସ୍ତାକୁ ପୁଣି ଥରେ ହାଣି ଦେଇଥିବାରୁ ଯାତାୟତ ବ୍ୟାଘାତ ହୋଇଛି । ସରପ□ଙ୍କ ଅଭିଯୋଗ ଅନୁଯାୟୀ ବ୍ରହ୍ମେଶ୍ୱର ମହାକୁଡ,ସୁବାସ ମହାକୁଡ,ମଦନ ମୋହନ ବେହେରା,ସୁବ୍ରତ ପଲେଇଙ୍କ ସମେତ ଅନ୍ୟମାନେ ତାଙ୍କୁ ଜାତିଆଣ ଗାଳିଗୁଲଜ କରିବା ସହ ୨ଟି ଜେସିବି ମେସିନ ସାହାଯ୍ୟରେ ରାସ୍ତା କାଟିଥିବା ନେଇ ଅଭିଯୋଗ କରିଛନ୍ତି । ଦୁଇ ଦୁଇ ଥା ରାସ୍ତା କାଟିବା ପରେ ଅଭିଯୋଗ ପରେ ପୋଲିସ କାର୍ଯ୍ୟନୁଷ୍ଠାନ ନେଉନଥିବାରୁ ସ୍ଥାନୀୟ ଗ୍ରାମବାସୀ ଜିଲ୍ଲାପାଳ ଏବଂ ଆରକ୍ଷୀ ଅଧିକ୍ଷକଙ୍କ ଦ୍ୱାରସ୍ଥ ହେବେ ବୋଲି କହିଛନ୍ତି । କିଛି ଖଳ ପ୍ରକୃତିର ଲୋକ ପରିବହନ କାର୍ଯ୍ୟ ହାତେଇବା ପାଇଁ ଆଦିବାସୀଙ୍କୁ ଢାଲ କରି ବାରମ୍ବାର ଗଣ୍ଡଗୋଳ କରୁଥିବା ଟିପି ମହାନ୍ତି ଖଣିର ପରିଚାଳକ ଇଂ ଚନ୍ଦ୍ରଶେଖର ଜେନା ପ୍ରକାଶ କରିଛନ୍ତି । ଆଦିବାସୀଙ୍କ ଜମି ଟିପି ମହାନ୍ତି ଖଣି ଜବର ଦଖଲ କରିନାହିଁ । ଏହି ରାସ୍ତା ବହୁ ବର୍ଷ ଧରି ଜନସାଧାରଣ ବ୍ୟବହାର କରୁଛନ୍ତି । ଗ୍ରାମ୍ୟ ରାସ୍ତା ଦୀର୍ଘ ବର୍ଷ ଧରି ଜନସାଧାରଣ ବ୍ୟବହାର କରୁଥିବାବେଳେ ଅଭିଯୋଗ ପରେ ସୁପରଭାଇଜର ଭୁବନାନନ୍ଦ ନାୟକ,ମଲଦା ରାଜସ୍ୱ ନୀରିକ୍ଷକ ସୋନାଲୀ ସେଠୀ ଏବଂ ଅମିନ ସୁରେଶ ନାୟକ ଠିକ୍ ଭାବରେ ମାପଚୁପ ନକରି ନଥିବା ସ୍ଥାନୀୟ ସରପ□ ଅଭିଯୋଗ କରିଛନ୍ତି । ମାପଚୁପ କରୁଥିବା କର୍ମଚାରୀ ପ୍ରଭାବିତ ହୋଇ ଚିହ୍ନଟ କରିଥିବା ସେ ଅଭିଯୋଗ କରିବା ସହ ଚମ୍ପୁଆ ଉପଜିଲ୍ଲାପାଳ ଏ ଦିଗରେ ତ୍ୱରିତ ପଦକ୍ଷେପ ନେଇ ଅନ୍ୟ ସର୍କଲରୁ କର୍ମଚାରୀ ଆଣି ମାପଚୁପ କରିବାକୁ ସେ ଦାବୀ କରିଛନ୍ତି । ଏଥିସହ ଏହି ଅ□ଳରେ ଦୀର୍ଘ ଦିନ ଧରି ଅରାଜକତା କରୁଥିବା ଲୋକଙ୍କୁ ଗିରଫ କରି ଶାନ୍ତି ଫେରାଇ ଆଣିବାକୁ ଆରକ୍ଷୀ ଅଧିକ୍ଷକଙ୍କ ନିକଟରେ ଦାବୀ କରିଛନ୍ତି ।

ଖେଳ
ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ
ପର୍ଯ୍ୟବେକ୍ଷକ
୨୬ ବର୍ଷରେ
1hubaneswar Wednesday February 21, 2024 ଭୁବନେଶ୍ୱର ବୁଧବାର, ଫେବୃଆରୀ ୨୧,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com

# ୯୨ ଆଦିବାସୀ ଯୁବ ଉଦ୍ୟୋଗୀଙ୍କୁ ଏକ ଲକ୍ଷ ଟଙ୍କାର ଚେକ୍ ପ୍ରଦାନ




ବାରିପଦା,(ପି.ଏନ): ବାରିପଦା ସ୍ଥିତ ଆଦିବାସୀ ଉନ୍ନୟନ ସଂସ୍ଥା ପରିସରରେ ଆଦିବାସୀ ଯୁବ ଉଦ୍ୟୋଗୀ ମାନଙ୍କୁ ଆର୍ଥିକ ସହାୟତା ପ୍ରଦାନ ଶିବିର ଗୁରୁବାର ଦିନ ଅନୁଷ୍ଠିତ ହୋଇଯାଇଅଛି। ମୁଖ୍ୟମନ୍ତ୍ରୀ ଜନଜାତି ଜୀବିକା ମିଶନ ଅଧୀନରେ ଦଶ ଗୋଟି ବ୍ଲକ ମଧ୍ୟରୁ ୧୮୫ଜଣ ଆଦିବାସୀ ଯୁବକ ଯୁବତୀଙ୍କୁ ବାରିପଦା ଆଇଟିଡିଏ ପକ୍ଷରୁ ଉଦ୍ୟୋଗ ବିକାଶ ଭିତ୍ତିକ ତାଲିମ ପ୍ରଦାନ କରାଯାଉଛି। ସରକାରଙ୍କ ନିର୍ଦ୍ଦେଶ କ୍ରମେ ସେଥି ମଧ୍ୟରୁ ୯୨ଜଣ ପ୍ରତ୍ୟେକ ଆଦିବାସୀ ଯୁବ ଉଦ୍ୟୋଗୀଙ୍କୁ ଦୁଇଟି ପର୍ଯ୍ୟାୟରେ ସେମାନଙ୍କ ଉଦ୍ୟୋଗ ବିକାଶ ନିମନ୍ତେ ଏକ ଲକ୍ଷ ଟଙ୍କା ଲେଖାଏଁ ଆର୍ଥିକ ରାଶି ପ୍ରଦାନ କରାଯାଇଛି। ଆଇଟିଡିଏ ପ୍ରକଳ୍ପ ପ୍ରକାଶକ ରାମଚନ୍ଦ୍ର ସୋରେନ ଓ ସହକାରୀ ଜିଲ୍ଲା ମଙ୍ଗଳ ଅଧିକାରିଣୀ ସ୍ମୃତିଲିପି ସାହୁ ଯୁବ ଉଦ୍ୟୋଗୀ ମାନଙ୍କୁ ଚେକ୍ ପ୍ରଦାନ କରିଥିଲେ। ବ୍ୟବସାୟ କ୍ଷେତ୍ରରେ କିଭଳି ଭାବରେ ସଫଳତା ହାସଲ କରିପାରିବେ, ସେ ନେଇ ଆଲୋକପାତ କରିଥିଲେ। କାର୍ଯ୍ୟକ୍ରମକୁ ଆଇଟିଡିଏ ପ୍ରକଳ୍ପ ପରିଚାଳକ ଗଙ୍ଗାଧର ପ୍ରଧାନ, ବିଷୟ ବସ୍ତୁ ବିଶେଷଜ୍ଞ ଶଙ୍କର ଚରଣ ସାମଲ, କୃଷି ବିଶେଷଜ୍ଞ ଅମରେଶ ବେହେରା ଓ ବ୍ଲକ ସ୍ତରୀୟ ଜୀବିକା ବିଶେଷଜ୍ଞମାନେ ପରିଚାଳନା କରିଥିଲେ।

## ପ୍ରସାଦ ହରିଚନ୍ଦନଙ୍କୁ ଭେଟିଲେ ବ୍ରିଟିସ ଡେପୁଟି ହାଇକମିଶନର

ଭୁବନେଶ୍ୱର,(ପି.ଏନ): ଓଡ଼ିଶା ଗସ୍ତରେ ଆସିଥିବା ବ୍ରିଟିସ ଡେପୁଟି ହାଇକମିଶନ ଆଣ୍ଡ୍ରୁ ଫ୍ଲେମିଂ ପ୍ରଦେଶ କଂଗ୍ରେସ କମିଟିର ପୂର୍ବତନ ସଭାପତି ପ୍ରସାଦ ହରିଚନ୍ଦନ ତାଙ୍କ ଭୁବନେଶ୍ୱରସ୍ଥିତ ବାସଭବନରେ ସୌଜନ୍ୟ ସାକ୍ଷାତ କରିଥିଲେ। ଉଭୟଙ୍କ ଭିତରେ ବିଭିନ୍ନ ପ୍ରସଙ୍ଗରେ ଆଲୋଚନା ହୋଇଥିଲା। ଜଳବାୟୁ ପରିବର୍ତ୍ତନ, ମହିଳା ସଶକ୍ତୀକରଣ ଓ ଆଂଚଳିକ ବିକାଶ ପରି ଅନେକ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ଏହି ଆଲୋଚନାରେ ସ୍ଥାନ ପାଇଥିଲା। କୋଲକତାସ୍ଥିତ ବ୍ରିଟିସ ଡେପୁଟି ହାଇକମିଶନଙ୍କ ଅର୍ଥ ଓ ରାଜନୈତିକ ପରାମର୍ଶଦାତା ଅଜିଆ ମେନନ ଓ ଆସିଷ୍ଟାଣ୍ଟ କମ୍ୟୁନିକେସନ, ଇଭେଣ୍ଟ ଓ ଭିଜିଟ୍ ଅଫିସର ଶ୍ରୀମତୀ ସ୍ୱର୍ଣ୍ଣମୟୀ ଶତପଥି ପ୍ରମୁଖ ସାକ୍ଷାତ ଆଲୋଚନା ସମୟରେ ଉପସ୍ଥିତ ଥିଲେ। ଶ୍ରୀ ହରିଚନ୍ଦନ ଏହି ସାକ୍ଷାତ ଆଲୋଚନା ଦିଶାଯୁକ୍ତ ଓ ସକରାତ୍ମକ ଥିଲା ବୋଲି କହିଥିଲେ।

## ମଂଚ ନାଟକରେ ଅରଙ୍ଗାବାଦ ଗ୍ରାମ ଉଲ୍ଲେଖନୀୟ ଭୂମିକା ଗ୍ରହଣ କରିଆସିଛି

ଧର୍ମଶାଳା, (ପିଏନ୍): ଅରଙ୍ଗାବାଦ ଗ୍ରାମ କଳା ଓ ସଂସ୍କୃତିର ମାଟି ଅଟେ । ୧୯୫୯ରେ ଧର୍ମଶାଳାର ପୂର୍ବତନ ବିଧାୟକ ସ୍ୱର୍ଗତ ରବି ଲାବଣ୍ୟଙ୍କ ନେତୃତ୍ୱରେ ଅରଙ୍ଗାବାଦ ଗ୍ରାମ ଠାରେ ଶ୍ୟାମସୁନ୍ଦର କଳାବିକାଶ କେନ୍ଦ୍ର ପ୍ରତିଷ୍ଠା ହୋଇଥିଲା । ଅରଙ୍ଗାବାଦରୁ ପ୍ରଥମେ ନାଟକ ଆରମ୍ଭ ହେବା ସହିତ ସମଗ୍ର ଧର୍ମଶାଳା ଅଞ୍ଚଳକୁ ଏହା ପ୍ରସାରିତ ହୋଇଥିଲା । ମଂଚ ନାଟକ କ୍ଷେତ୍ରରେ ଅରଙ୍ଗାବାଦ ଅଗ୍ରଣୀ ଭୂମିକା ଗ୍ରହଣ କରିଆସିଛି ବୋଲି ଶ୍ୟାମସୁନ୍ଦର ନାଟ୍ୟ କଳା ପରିଷଦ ପକ୍ଷରୁ ଆୟୋଜିତ ନାଟକ ଉତ୍ସବରେ ମତପ୍ରକାଶ ପାଇଛି । ଧର୍ମାଶାଳା ବ୍ଲକ ମିର୍ଜାପୁର ପଂଚାୟତ ଅଂର୍ଗତ ଅରଙ୍ଗାବାଦ ଠାରେ ଦୁଇଦିନିଆ ନାଟକ ଉତ୍ସବ ସୋମବାର ସନ୍ଧ୍ୟାରେ ଉଦଘାଟିତ ହୋଇଯାଇଛି। ଅନୁଷ୍ଠାନର ସଭାପତି ସବ୍ୟସାଚୀ ପଣ୍ଡାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉଦ୍‌ଘାଟନ ଉତ୍ସବରେ ସାହସପୁର କଲେଜର ଅବସରପ୍ରାପ୍ତ ଅଧ୍ୟକ୍ଷ ଚି□ରନ ମହାଁ ମୁଖ୍ୟଅତିଥି, ଆଜିର ଆହ୍ୱାନ ଖବରକାଗଜର ସମ୍ପାଦକ ମାନସ ଜେନା, ହରିଶଙ୍କର କଲେଜ ଅଧ୍ୟକ୍ଷ ବଳଭଦ୍ର ଦାଶ, କୋଟପୁର ଫାଣ୍ଡି ଅଧିକାରୀ ପ୍ରେମାନନ୍ଦ ପୃଷ୍ଟି ସମ୍ମାନିତ ଅତିଥିଭାବେ ଯୋଗଦେଇଥିଲେ । ପ୍ରାରମ୍ଭରେ ଅନୁଷ୍ଠାନର ପ୍ରତିଷ୍ଠାତା ତଥା ଧମର୍ଶାଳାର ପୂର୍ବତନ ବିଧାୟକ ସ୍ୱର୍ଗତ ରବି ଲାବଣ୍ୟଙ୍କ ଅମର ଆତ୍ମାର ସଦ୍‌ଗତି କାମନା କରାଯାଇ ନୀରବ ପ୍ରାର୍ଥନା କରାଯାଇଥିଲା । ନାଟକ ମନୋରନର ଖୋରାକ ଦେବା ସହିତ ସାମାଜିକ ବା□ା ଦେଇଥାଏ । ବାସ୍ତବ ଜୀବନର କଥା ଏବଂ ସାମ୍ପ୍ରତିକ ସମୟର ଚିତ୍ର ନାଟକରେ ପ୍ରତିଫଳିତ ହୋଇଥାଏ । ନାଟକରେ ଆମ ସଂସ୍କୃତି ଓ ପରମ୍ପରାର କାହାଣୀ ରହିବା ଉଚିତ । ଉପଯୁକ୍ତ ନାଟକ ଆଦର୍ଶ ବ୍ୟକ୍ତି, ପରିବାର ଓ ସମାଜ ଗଠନରେ ସହାୟକ ହୋଇଥାଏ ବୋଲି ମଂଚାସୀନ ଅତିଥି ମତବ୍ୟକ୍ତ କରିଥିଲେ । ଯୁବ ସଂଗଠନ ରନ ଓଝା ସଭା ସଂଯୋଜନା କରିଥିଲେ । ଏହି ଅବସରରେ ପୁରାତନ କଳାକାର ଦେବାଶିଷ ନାଏକ, ଓଡିଶା ଆଦର୍ଶ ବିଦ୍ୟାଳୟର ଛାତ୍ର ଓମ୍ ପ୍ରକାଶ ଦାସ, ଲାଙ୍ଗୁଡି ସୁରକ୍ଷା ମଂଚ ସଭାପତି ଆଲୋକ ଜେନା ସାମ'ଙ୍କ ପ୍ରତିନିଧି ମହେଶ୍ୱର ରାଉତ, ଅନୁଷ୍ଠାନର ଉପଦେଷ୍ଟା ଗୋବିନ୍ଦ ଚନ୍ଦ୍ର ପଣ୍ଡା, ନାଟ୍ୟ ନିର୍ଦ୍ଦେଶକ ଉଦୟଭାନୁ ଦାସଙ୍କୁ ଅନୁଷ୍ଠାନ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଥିଲା । ଦେବଦ□ ପଣ୍ଡା, ସୁଧାଂଶୁ ଜେନା, ବିଚିତ୍ରାନନ୍ଦ ଦାସ, ସୁଶା' ସାହୁ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ । ଶେଷରେ ଆଇନଜୀବି ଶ୍ୟାମ ପ୍ରସାଦ ଦାଶ ଧନ୍ୟବାଦ ଅର୍ପଣ କରିଥିଲେ। ସଭାପରେ 'ତୋ ବିନା ମୁଁ ଅଧା ଅଧା' ସାମାଜିକ ନାଟକ ମଂଚସ୍ଥ ହୋଇଥିଲା। ଶହ ଶହ ଦର୍ଶଖ ବିଳମ୍ବିତ ରାତ୍ରୀ ପର୍ଯ୍ୟ' ଉପସ୍ଥିତ ରହି ନାଟକକୁ ଉପଭୋଗ କରିଥିଲେ।

# ଧର୍ମଶାଳାରେ 'ଆମ ଓଡିଶା ନବୀନ ଓଡ଼ିଶା' କାର୍ଯ୍ୟକ୍ରମ ଉଦ୍‌ଯାପିତ

ଧର୍ମଶାଳା, (ପିଏନ୍): ଧର୍ମଶାଳା ନିର୍ବାଚନ ମଣ୍ଡଳୀରେ ୧୫ଦିନ ହେଲା ଚାଲିଥିବା 'ଆମ ଓଡ଼ିଶା ନବୀନ ଓଡ଼ିଶା' ପଂଚାୟତସ୍ତରୀୟ ଜନସଚେତନତା କାର୍ଯ୍ୟକ୍ରମ ଆଜି ଉ□ରପ୍ରତାପ ପଂଚାୟତ ନରସିଂହପୁର ଗାଁ ଖେଳପଡ଼ିଆରେ ଉଦ୍‌ଯାପିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଧର୍ମଶାଳା ବିଧାୟକ ପ୍ରଣବ କୁମାର ବଳବ'ରାୟ ଯୋଗଦେଇ ଓଡ଼ିଶା ସରକାରଙ୍କ ବିଭିନ୍ନ ଉନ୍ନତିମୂଳକ କାର୍ଯ୍ୟ ସଂପର୍କରେ ସୂଚନା ଦେଇଥିଲେ । ପଞ୍ଚାୟତରେ ମୋଟ ରାସନ ପାଇଥିବା ହିତାଧିକାରୀଙ୍କ ସଂଖ୍ୟା, ମଧୁବାବୁ ପେନ୍‌ସନ ଯୋଜନା ଅର୍ନ୍ତଭୁକ୍ତ ହିତାଧିକାରୀ ସଂଖ୍ୟା ଏବଂ ରାଜ୍ୟ ସରକାରଙ୍କ ସମସ୍ତ ଯୋଜନା ବିଷୟରେ ଜନସାଧାରଣଙ୍କୁ ଅବଗତ କରାଇଥିଲେ । ବର୍ତମାନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ସମସ୍ତ ମିଶନ ଶକ୍ତିର ମା'ମାନଙ୍କ ଡ୍ରେସ୍‌କୋଡ଼ ପାଇଁ ୧ହଜାର ଟଙ୍କାର ଅର୍ଥରାଶି ଦେବାପାଇଁ ଘୋଷଣା କରିବା ସହିତ ମମତା ଯୋଜନାରେ ମହିଳାଙ୍କୁ ୫ହଜାର ରୁ ୧୦ହଜାର ଟଙ୍କା, ମଧୁବାବୁ ପେନସନ୍ ଯୋଜନାରେ ୫୦୦ଟଙ୍କା ବୃଦ୍ଧି, କଳାକାରଙ୍କ ପାଇଁ ସହାୟତା ରାଶି ବୃଦ୍ଧି ଓ ପ୍ରତ୍ୟେକ ରାସନଧାରୀ ପରିବାରକୁ ୧ହଜାର ଟଙ୍କା ପ୍ରଦାନ କରିବାପାଇଁ ମୁଖ୍ୟମନ୍ତ୍ରୀ ନିଷ୍ପ□ ନେଇଥିବା କହିଥିଲେ । ଉତର ପ୍ରତାପ, ଦେଓଦା, ମଙ୍ଗଳପୁର ଓ ଅରାବଳ ପଂଚାୟତ ବିଜେଡ଼ି ସରକାର ପୂର୍ବରୁ ଦିପାଂଚଳର ଆଖା ପାଉଥିଲା । କିଂ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ତାଙ୍କ ପ୍ରଥମ ପାଳି ସରକାରରେ କାଏମା-ନରସିଂହପୁର ସେତୁ ନିର୍ମାଣ କରି ଜନସାଧାରଣଙ୍କ ଗମନାଗମନର ସୁବିଧା କରିଥିବା ପ୍ରକାଶ କରିଥିଲେ। ଧର୍ମଶାଳାରେ ଆମ ଓଡ଼ିଶା ନବୀନ ଓଡ଼ିଶା ଯୋଜନାରେ ୧୫୦ଟି ପ୍ରକଳ୍ପ ଶେଷ ହୋଇ ଓଡ଼ିଶାରେ ପ୍ରଥମ ସ୍ଥାନ ହାସଲ କରିଥିବାରୁ ବିଧାୟକ ଶ୍ରୀ ବଳବ'ରାୟ ଧର୍ମଶାଳାର ସମସ୍ତ ଜନସାଧାରଣଙ୍କୁ ଧନ୍ୟବାଦ ଦେଇଥିଲେ । ଏହି କାର୍ଯ୍ୟକ୍ରମରେ ଧର୍ମଶାଳା ପଂଚାୟତ ସମିତି ଅଧ୍ୟକ୍ଷ ପ୍ରଭାତ କୁମାର ବଳବ'ରାୟ ଯୋଗଦେଇ ସମସ୍ତଙ୍କୁ ସ୍ୱାଗତ କରିବା ସହିତ ଧର୍ମଶାଳା ପଞ୍ଚାୟତ ସମିତି ମାଧ୍ୟମରେ ହୋଇଥିବା ସମସ୍ତ ଯୋଜନା ବିଷୟରେ ଜନସାଧାରଣଙ୍କୁ ଅବଗତ କରିଥିଲେ । ଏହି କାର୍ଯ୍ୟକ୍ରମକୁ ଧର୍ମଶାଳା ବିଡିଓ ଦେବେନ୍ଦ୍ର ପ୍ରସାଦ ବଳ ପରିଚାଳନା କରିଥିଲେ । ଏଥିପୂର୍ବରୁ ଏହି ବ୍ଲକ୍‌ର ମଙ୍ଗଳପୁର ଓ ଅରାବଳ ପଂଚାୟତ ଏବଂ ଗତକାଲି କୁମାରୀ, ନେଉଳପୁର, କଂଟିଗଡ଼ିଆ ଓ କ୍ଷେତ୍ରପାଳ ପଂଚାୟତରେ ଆମ ଓଡ଼ିଶା ନବୀନ ଓଡ଼ିଶା ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି ।

# ଆୱାଜ୍ ଅଫ୍ ଇଣ୍ଡିଆ ଓ ସଂହାର ପ୍ରିଣ୍ଟ ଏଣ୍ଡ ଡିଜିଟାଲମିଡିଆ ପକ୍ଷରୁ ବନ୍ଧୁମିଳନ ଓ ଏକ ଆଲୋଚନା ଚକ୍ର ଅନୁଷ୍ଠିତ




ଭବାନିପାଟଣା/କେସିଙ୍ଗା/ବଲାଙ୍ଗିର : ଦ ଆପେକ୍ସ ବଡି ଅଫ୍ ୱାର୍କିଙ୍ଗ ଜୋରନାଲିଷ୍ଟ ଆସୋସିଏସନ ଅଫ୍ ଇଣ୍ଡିଆ (ଆୱାଜ ଅଫ୍ ଇଣ୍ଡିଆ) ଓ ସଂହାର ପ୍ରିଣ୍ଟ ଏଣ୍ଡ ଡିଜିଟାଲ ମିଡିଆ ପକ୍ଷରୁ ଏକ ବନ୍ଧୁ ମିଳନ ଓ ଏକ ଆଲୋଚନା ଚକ୍ର ଯାହାକି ପ୍ରତ୍ୟେକ ଲେଜିସ୍ଲେଟିଭ୍ (Legislative), ଜୁଡିସିୟାରୀ(Judiciary), ଜୋର୍‌ନାଲିଷ୍ଟ ସାମ୍ବାଦିକ (Journalist) ଓ ପ୍ରତ୍ୟେକ ଲୋକଙ୍କ ଦେଶ ଗଠନକରିବାରେ ଭୂମିକା ବିଷୟ ବସ୍ତୁକୁ ନେଇ କଳାହାଣ୍ଡି ଜିଲ୍ଲା କେସିଙ୍ଗାସ୍ଥିତ ହୋଟେଲ ରାଜ ରେଷ୍ଟୁରାଣ୍ଟରେ ଅନୁଷ୍ଠିତ ହୋଇଥିଲା । ଆୱାଜ ଅଫ୍ ଇଣ୍ଡିଆର ଚେୟାରମେନ ସଂହାର ପ୍ରିଣ୍ଟ ଏଣ୍ଡ ଡିଜିଟାଲ ମିଡିଆର ସଂପାଦକ ତଥା ବରିଷ୍ଠ ସାମ୍ବାଦିକ ସୁନୀଲ କୁମାର ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ପୂର୍ବତନ ସୂଚନା ସଂପର୍କ ନିର୍ଦ୍ଦେଶକ, ଲେଖକ ଓ କବି ପ୍ରଫେସର ମାନସ ରଞ୍ଜନ ମହାପାତ୍ର ମୁଖ୍ୟ ଅତିଥି ଭାବରେ ଯୋଗଦାନ କରି କହିଥିଲେ ଯେ, ଏବେ ଲୋକେ ଅସନ୍ତୁଷ୍ଟ ଅଛନ୍ତି, ଦେଶରେ କର୍ପୋରେଟମାନେ ଶାସନ କରୁଛନ୍ତି ଓ Legislative, Judiciary Executivର ମାନେ ତାଙ୍କ ଦ୍ୱାରା ପରିଚାଳିତ, ଦେଶରେ ୬୫% ଅଧିକ ଯୁବକ ବେକାରୀ ଅଛନ୍ତି । ଫଳରେ ଏପରି ପରିପ୍ରେକ୍ଷୀରେ ଦେଶର ଲୋକେ ଫ୍ରେନଚ୍, ଅକ୍ଟୋବର, ଅଗଷ୍ଟ ରେଭୁଲେସନ ପଦ୍ଧତିକୁ ଅବଲମ୍ବନ କରି ରାଜରାସ୍ତାକୁ ଓହ୍ଲାଇବା ପାଇଁ ବାଧ ହେବେ ଓ ସରକାର ବାଧ ହୋଇ ଲୋକଙ୍କ କଥା ଶୁଣିବେ ଓ ଆମେ ଏକ ସୁସ୍ଥ ସବଳ ତଥା ଦୁର୍ନୀତିମୁକ୍ତ ଦେଶ ଗଠନ କରି ପାରିବାରେ ସକ୍ଷମ ହୋଇପାରିବା । ଦେଶରେ ଲୋକେ ପ୍ରାଇଭେଟାଇଜେସନ (Privatisation) ଙ୍କୁ ସଂପୂର୍ଣ୍ଣ ଭାବରେ ବିରୋଧ କରିବା କଥା । ଫଳରେ ଖରଶସତ୍ୱକ୍ଷବତ୍ୱସଙ୍ଗର, Judiciary, Executive ଙ୍କ ମନ ଇଚ୍ଛା କାର୍ଯ୍ୟକଳାପ ବନ୍ଦ ହୋଇପାରିବ । ଏଥି ।ଇଁ ଲୋକଙ୍କୁ ଏକଜୁଟ୍ ହେବାକୁ ପଡିବ, ବିଶେଷ କରି ଓକିଲ ଓ ସାମ୍ବାଦିକ ମାନଙ୍କୁ ଏକଜୁଟ୍ ହୋଇ ଲୋକଙ୍କ ସଚେତନ କରି ଦେଶ ଗଠନ କରିବାରେ ଉଭୟ ମୁଖ୍ୟ ଭୂମିକା ନେବାର ସମୟ ଆସିଯାଇଛି । ସେହି ପରି କେସିଙ୍ଗାର ସମାଜସେବୀ ସୁରେଶ ରାଓ ଯାହାଙ୍କୁ କି କଳାହାଣ୍ଡି ଜିଲ୍ଲାର ସଂଗ୍ରାମୀ ବୋଲି ଲୋକେ କହନ୍ତି, ସେ ସମ୍ମାନୀତ ଅତିଥି ଭାବରେ ଯୋଗ ଦେଇ କହିଥିଲେ ଯେ ପଛୁଆ ଜିଲ୍ଲା ଭାବରେ ପରିଚିତ ଆମ କଳାହାଣ୍ଡି ଜିଲ୍ଲାର ଅନେକ ସମସ୍ୟା ରହିଛି ଓ ଏଥିପାଇଁ ଆମେ ସମସ୍ତେ ଓ ବିଶେଷ କରି ଓକିଲ ଓ ସାମ୍ବାଦିକ ମାନଙ୍କର ଏସବୁର ସମାଧାନ ପାଇଁ ପ୍ରମୁଖ ଭୂମିକା ରହିଛି ବୋଲି ବିଭିନ୍ନ ପ୍ରକାର ଉଦାହରଣ ଦେଇ ବର୍ଣ୍ଣନା କରିଥିଲେ । ସେ ସରକାର ଯେଉଁ ଦେଶେ ରାଜସ୍ୱକୁ ଦେଶ ଗଠନରେ ନ ଲଗାଇ ଅଯଥା ଖର୍ଚ୍ଚ କରିଚାଲିଛନ୍ତି ଓ ଲୋକଙ୍କ ପିଛା ଯେଉଁ ଦିନକୁ ଦିନ ଋଣ ଭାବ କ୍ରମାଗତ ଭାବେ ବଢି ଚାଲିଛି, ତାକୁ ଆମେ ସମସ୍ତେ ଏକଜୁଟ୍ ହୋଇବିରୋଧ କରିବାକୁ ପଡିବ ଓ ବନ୍ଦ କରିବାକୁ ପଡିବ । ସରକାର ଅଯଥାରେ ଯେଉଁ ଟୁଲ୍ ଟେକ୍ସ ଲୋକଙ୍କଠୁ ଆଦାୟ କରୁଛନ୍ତି, ତାହାସଂପୂର୍ଣ୍ଣ ଉଚ୍ଛେଦ ହେବାର ନିହାତି ଆବଶ୍ୟକ ରହିଛି ବୋଲି ମଧ କହିବା ସହିତ ଏଥିରେ ସମସ୍ତଙ୍କର ସହଯୋଗର ଆବଶ୍ୟକତା ରହିବାକଥା ଦର୍ଶାଇଥିଲେ। ଏହି ବନ୍ଧୁମିଳନ ଓ ଆଲୋଚନା ଚକ୍ରରେ ବହୁ ଆଇନଜୀବୀ, ସଚେତନ ଶିକ୍ଷିତ ବା ବୁଦ୍ଧିଜୀବୀ, ସାମ୍ବାଦିକ, ଜନସାଧାରଣ, ରାଜନେତାମାନେ, ଗ୍ରାମ ପଞ୍ଚାୟତର ଜନପ୍ରତିନିଧିମାନେ ଯୋଗଦାନ କରିଥିଲେ । ତନ୍ମଧ୍ୟରୁ ଆଇନଜୀବୀ ସନ୍ତୋଷଦାଶ, କେସିଙ୍ଗାର ପ୍ରମେୟ ଓଡିଆ ଦୈନିକ ଖବର କାଗଜର ପ୍ରତିନିଧି ଗଜେନ୍ଦ୍ର ସାହୁ, ଧରିତ୍ରୀ ଓଡିଆ ଦୈନିକ ଖବର କାଗଜ ଓ ଦୈନିକ ଇଂରାଜୀ ଖବରକାଗଜ ଓଡିଆ ପୋଷ୍ଟ ର କେସିଙ୍ଗା ପ୍ରତିନିଧି ତୁମେଶ୍ୱର ସାହୁ, ନିରମଳ ଟିଭିର ପ୍ରତିନିଧି ନରୋତ୍ତମ ପ୍ରୟାଶ ସିଂହ, ଦିନଲି , ଦୈନିକ ଖବର କାଗଜ ପ୍ରତିନିଧି ପ୍ରଫୁଲ୍ଲ ସାହୁ, ସାମ୍ବାଦିକ ଜନକ ପୋଢ, ସମାଜସେବୀ ଓ ଖେଳ ପ୍ରୋମୋଟର ପ୍ରଦୀପ ଦାସ ପ୍ରମୁଖ ଆଲୋଚନାରେ ଅଂଶଗ୍ରହଣ କରି ତାଙ୍କର ସୁଚିନ୍ତିତ ଗଠନ ମୂଳକ ମତାମତ ଦେଇଥିଲେ। ବରିଷ୍ଠ ସାମ୍ବାଦିକସୁନୀଲ କୁମାର ମିଶ୍ର, ଆବାଜ ଅଫ୍ ଇଣ୍ଡିଆର ମୁଖ୍ୟ ଲକ୍ଷ ହେଲା ସମସ୍ତ ସାମ୍ବାଦିକ ବନ୍ଧୁମାନଙ୍କୁ ଏକଜୁଟ୍ କରିବା ଏକ ସୁସ୍ଥ ସବଳ, ଦୁର୍ନୀତିମୁକ୍ତ ଓ ଗଠନ ମୂଳକ ଦେଶ ଗଠନ କରିବା ପାଇଁ, ତା ସଙ୍ଗେ ସଙ୍ଗେ ଆଜି ପର୍ଯ୍ୟନ୍ତ ଯେଉଁ ସରକାର ସାମ୍ବାଦିକମାନଙ୍କୁ ସମ୍ବିଧାନର ଚତୁର୍ଥସ୍ତମ୍ଭର ମାନ୍ୟତା ଦେଇନାହାନ୍ତି, ଏହି ଯେଉଁ ଆମର ଯୁକ୍ତିଯୁକ୍ତ ଦାବୀକୁ ସରକାର ଯଥା ଶିଘ୍ର ବିଚାରକୁ ନେଇ ଚତୁର୍ଥ ସ୍ତମ୍ଭର ମାନ୍ୟତା କାଗଜ କଲମରେ ଆଉ କାଳ ବିଳମ୍ବ ନକରି ସମ୍ବିଧାନର ଚତୁର୍ଥ ସ୍ତମ୍ଭର ମାନ୍ୟତା ଦେଇଥିବା କଥା ଓ ଏଥି ।ଇଁ ଆମକୁ ସଠିକ୍ ହିସାବରେ ଆମର କାଗଜ କଲମର ସଦ୍‌ଉପଯୋଗ କଲେ ଯାଇ ଏହା ସମ୍ଭବ ହୋଇପାରିବ ବୋଲି ବିଭିନ୍ନ ପ୍ରକାର ଉଦାହରଣ ଦେଇ ବୁଝାଇଥିଲେ ଓ ସମସ୍ତଙ୍କୁ ଅନୁରୋଧ କରିଥିଲେ । ସେ କହିଥିଲେ ଯେ, ଏହା ନିଶ୍ଚିତ ଯେ ଲୋକେ ତାଙ୍କହଜୃଦୟ ଭିତରୁ ସାମ୍ବାଦିକ ମାନଙ୍କୁ ସମ୍ବିଧାନର ଚତୁର୍ଥ ସ୍ତମ୍ଭର ମାନ୍ୟତା ଦିଅନ୍ତି, କିନ୍ତୁ ଦୁଃଖ ଓ ଅନୁତାପର ବିଷୟ ଯେ, ସରକାର ବା ଆମସମ୍ବିଧାନର ତୃତୀୟ ସ୍ତମ୍ଭ ଯାହାକି Legislative, Judiciary, Executive ବା ସରକାରୀ କଳ ତାଙ୍କ ଜିଭ ଅଗ୍ରରୁ ସାମ୍ବାଦିକଙ୍କୁ ସମ୍ବିଧାନର ଚତୁର୍ଥ ସ୍ତମ୍ଭ ବୋଲି ଭୟରେ କହନ୍ତି । ଯେହେତୁ ଏହି ତିନି ସ୍ତମ୍ଭ ଯଦି ଦୁର୍ନୀତି, ଅନ୍ୟାୟ, ଅତ୍ୟାଚର ଶୋଷଣ, ଭ୍ରଷ୍ଟାଚରଭଳି ଅସାମାଜିକ ଅଶୋଭନୀୟ କାର୍ଯ୍ୟକଳାପର ନିଜକୁ ସାମିଲ୍ କଲେ, କେବଳ ଯେ ସାମ୍ବାଦିକ ହିଁ କାଗଜ କଲମରେ ଏହା ଙ୍କକଳାକାରନାମାକୁ ଲୋକଲୋଚନକୁ ଆଣିଥାଏ । ତେଣୁ ଏମାନେ ଭୟରେ କହିବା ସ୍ୱାଭାବିକ। କିନ୍ତୁ ଆମକୁ ଆଉ କାଳ ବିଳମ୍ବ ନକରିସମ୍ବିଧାନର ଚତୁର୍ଥ ସ୍ତମ୍ଭର ମାନ୍ୟତା କାଗଜ କଲମରେ ସ୍ୱୀକୃତି ପାଇବା ପାଇଁ ଦିନରାତି ଠିକ୍ ଭାବରେ ସଂଗ୍ରାମ କରିବାକୁ ପଡିବ ଓ ଏଥି ପାଇଁ ଯେହେତୁ ଜନତା ଜନାର୍ଦ୍ଦନ ସର୍ବଶ୍ରେଷ୍ଠ, ତାଙ୍କର ସହଯୋଗ ନିତାନ୍ତ ଆବଶ୍ୟକ ରହିଛି ବୋଲି ସମସ୍ତଙ୍କୁ ଅନୁରୋଧ କରିଥିଲେ।

ADMISSION OPEN
MAHARISHI PLAY SCHOOL
A Great Place to Grow @ mps
PLAY GROUP (2+)
NURSERY (3+)
LKG, UKG, STD-I TO V
25% reservation as per RTE Act (2009)



FIND THE DIFFERENCE
- Surveillance through CCTV Camera
- Small Classes
- Congenial Environment
- Intimate, Safe & Secured Place
- Experienced & loving teachers
- Individual attention to each child
- Spacious Playground
- AC Activity Room
- Transport Facilities

TUITION CLASSES for Std I to Std V
Timing: 5 PM to 6.30 PM

MAHARISHI PUBLIC SCHOOL
N4-F/24, IRC Village, Nayapalli, Bhubaneswar, Phone: 0674-2558884, 2550786
E-mail: maharishipublic13@gmail.com
25% Seats reserved in Std. 1 under RTE Act

Printed & Published by Budhadev Mohapatra on behaöf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Puböished at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray